ଯୋହନ 1:1, 3-5, 9-10, 14 (IRV)

# ସେହି ବାକ୍ୟ ଈଶ୍ୱର ଥିଲେ... ତାହାଙ୍କଠାରେ ଜୀବନ ଥିଲା ଓ ସେହି ଜୀବନ ମନୁଷ୍ୟମାନଙ୍କର ଜ୍ୟୋତିଃ... ସେହି ବାକ୍ୟ ଦେହବନ୍ତ ହେଲେ

---

ସୃଷ୍ଟିର ପୂର୍ବରୁ ବାକ୍ୟ ଥିଲେ, ବାକ୍ୟ ଈଶ୍ୱରଙ୍କ ସଙ୍ଗରେ ଥିଲେ, ସେହି ବାକ୍ୟ ଈଶ୍ୱର ଥିଲେ। ... ତାହାଙ୍କ ଦ୍ୱାରା ସମସ୍ତ ସୃଷ୍ଟ ହେଲା; ଆଉ ଯେ ସମସ୍ତ ସୃଷ୍ଟ ହୋଇଅଛି, ସେଥିମଧ୍ୟରୁ ଗୋଟିଏ ସୁଦ୍ଧା ତାହାଙ୍କ ବିନା ସୃଷ୍ଟ ହୋଇ ନାହିଁ। ତାହାଙ୍କଠାରେ ଜୀବନ ଥିଲା ଓ ସେହି ଜୀବନ ମନୁଷ୍ୟମାନଙ୍କର ଜ୍ୟୋତିଃ। ସେହି ଜ୍ୟୋତିଃ ଅନ୍ଧକାରରେ ଜାଜ୍ୱଲ୍ୟମାନ ହୋଇ ଆସୁଅଛି, ଆଉ ଅନ୍ଧକାର ତାହା ଗ୍ରହଣ କରି ନାହିଁ। ... ଯେଉଁ ସତ୍ୟ ଜ୍ୟୋତିଃ ପ୍ରତ୍ୟେକ ମନୁଷ୍ୟକୁ ଆଲୋକ ପ୍ରଦାନ କରନ୍ତି, ସେ ଜଗତକୁ ଆସୁଥିଲେ। ସେ ଜଗତରେ ଥିଲେ ଓ ଜଗତ ତାହାଙ୍କ ଦ୍ୱାରା ସୃଷ୍ଟ ହେଲା, ତଥାପି ଜଗତ ତାହାଙ୍କୁ ଚିହ୍ନିଲା ନାହିଁ। ... ଆଉ, ସେହି ବାକ୍ୟ ଦେହବନ୍ତ ହେଲେ, ପୁଣି, ଅନୁଗ୍ରହ ଓ ସତ୍ୟରେ ପରିପୂର୍ଣ୍ଣ ହୋଇ ଆମ୍ଭମାନଙ୍କ ମଧ୍ୟରେ ବାସ କଲେ, ଆଉ ପିତାଙ୍କଠାରୁ ଆଗତ ଅଦ୍ୱିତୀୟ ପୁତ୍ରଙ୍କ ମହିମା ସଦୃଶ ଆମ୍ଭେମାନେ ତାହାଙ୍କ ମହିମା ଦେଖିଲୁ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 3:18-21 (IRV)

# ଲୋକମାନେ ଜ୍ୟୋତିଃ ଅପେକ୍ଷା ବରଂ ଅନ୍ଧକାରକୁ ଭଲ ପାଇଲେ... ଯେ କେହି ସତ୍ୟ ଆଚରଣ କରେ, ସେ ଜ୍ୟୋତିଃ ନିକଟକୁ ଆସେ

---

ଯେ ତାହାଙ୍କଠାରେ ବିଶ୍ୱାସ କରେ, ସେ ବିଚାରିତ ହୁଏ ନାହିଁ; ଯେ ବିଶ୍ୱାସ କରେ ନାହିଁ, ସେ ବିଚାରିତ ହୋଇ ସାରିଲାଣି, କାରଣ ସେ ଈଶ୍ୱରଙ୍କ ଅଦ୍ୱିତୀୟ ପୁତ୍ରଙ୍କ ନାମରେ ବିଶ୍ୱାସ କରି ନାହିଁ। ଆଉ, ସେହି ବିଚାର ଏହି, ଜଗତରେ ଜ୍ୟୋତିଃ ପ୍ରକାଶିତ ହୋଇଅଛି, ଆଉ ଲୋକମାନେ ଜ୍ୟୋତିଃ ଅପେକ୍ଷା ବରଂ ଅନ୍ଧକାରକୁ ଭଲ ପାଇଲେ, ଯେଣୁ ସେମାନଙ୍କର କର୍ମସବୁ ମନ୍ଦ। କାରଣ ଯେ କେହି କୁକର୍ମ କରେ, ଯେ ଜ୍ୟୋତିଃକୁ ଘୃଣା କରେ, ପୁଣି, କାଳେ ତାହାର କର୍ମର ଦୋଷ ପ୍ରକାଶିତ ହୁଏ, ଏଥିପାଇଁ ସେ ଜ୍ୟୋତିଃ ନିକଟକୁ ଆସେ ନାହିଁ। କିନ୍ତୁ ଯେ କେହି ସତ୍ୟ ଆଚରଣ କରେ, ସେ ଜ୍ୟୋତିଃ ନିକଟକୁ ଆସେ, ଯେପରି ତାହାର କର୍ମସବୁ ଈଶ୍ୱରଙ୍କଠାରେ ସାଧିତ ବୋଲି ପ୍ରକାଶିତ ହୁଏ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 8:12, 24, 31-32, 34, 36 (IRV)


# ଯଦି ତୁମ୍ଭେମାନେ ମୋହର ବାକ୍ୟରେ ସ୍ଥିର ହୋଇ ରହିବ... ସେହି ସତ୍ୟ ତୁମ୍ଭମାନଙ୍କୁ ମୁକ୍ତ କରିବ... ଯେ କେହି ପାପ କରେ, ସେ ପାପର ଦାସ... ପୁତ୍ର ଯଦି ତୁମ୍ଭମାନଙ୍କୁ ମୁକ୍ତ କରିବେ, ତାହାହେଲେ ତୁମ୍ଭେମାନେ ପ୍ରକୃତରେ ମୁକ୍ତ ହେବ

ଯୀଶୁ ପୁନର୍ବାର ଲୋକମାନଙ୍କୁ ଶିକ୍ଷା ଦେଇ କହିଲେ, "ମୁଁ ଜଗତର ଜ୍ୟୋତିଃ; ଯେ ମୋହର ଅନୁଗମନ କରେ, ସେ କେବେ ହେଁ ଅନ୍ଧକାରରେ ଭ୍ରମଣ କରିବ ନାହିଁ, ବରଂ ଜୀବନର ଜ୍ୟୋତିଃ ପାଇବ।" ... ତେଣୁ ତୁମ୍ଭେମାନେ ଆପଣା ଆପଣା ପାପରେ ମରିବ, "ମୁଁ ତୁମ୍ଭମାନଙ୍କୁ ଏହା କହିଲି; କାରଣ ମୁଁ ଯେ ସେହି ବ୍ୟକ୍ତି, ଏହା ତୁମ୍ଭେମାନେ ବିଶ୍ୱାସ ନ କଲେ ଆପଣା ଆପଣା ପାପରେ ମରିବ।" ... ଅତଏବ, ଯୀଶୁ ତାହାଙ୍କୁ ବିଶ୍ୱାସ କରିଥିବା ଯିହୁଦୀମାନଙ୍କୁ କହିଲେ, "ଯଦି ତୁମ୍ଭେମାନେ ମୋହର ବାକ୍ୟରେ ସ୍ଥିର ହୋଇ ରହିବ, ତେବେ ତୁମ୍ଭେମାନେ ପ୍ରକୃତରେ ମୋହର ଶିଷ୍ୟ, ପୁଣି, ତୁମ୍ଭେମାନେ ସତ୍ୟ ଜ୍ଞାତ ହେବ ଓ ସେହି ସତ୍ୟ ତୁମ୍ଭମାନଙ୍କୁ ମୁକ୍ତ କରିବ।" ... ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, "ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଯେ କେହି ପାପ କରେ, ସେ ପାପର ଦାସ। ... ଅତଏବ, ପୁତ୍ର ଯଦି ତୁମ୍ଭମାନଙ୍କୁ ମୁକ୍ତ କରିବେ, ତାହାହେଲେ ତୁମ୍ଭେମାନେ ପ୍ରକୃତରେ ମୁକ୍ତ ହେବ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

# ମୋହର ଆନନ୍ଦ ଯେପରି ତୁମ୍ଭମାନଙ୍କଠାରେ ଥାଏ... ମୁଁ ଯେପରି ତୁମ୍ଭମାନଙ୍କୁ ପ୍ରେମ କରିଅଛି, ତୁମ୍ଭେମାନେ ସେହିପରି ପରସ୍ପରକୁ ପ୍ରେମ କର... ଆପଣା ବନ୍ଧୁମାନଙ୍କ ନିମନ୍ତେ ନିଜ ପ୍ରାଣ ଦାନ କରିବା



ଯଦି ତୁମ୍ଭେମାନେ ମୋʼ ଠାରେ ରୁହ, ଆଉ ମୋହର ବାକ୍ୟ ତୁମ୍ଭମାନଙ୍କଠାରେ ରୁହେ, ତାହାହେଲେ ଯେକୌଣସି ବିଷୟ ଇଚ୍ଛା କର, ତାହା ମାଗ, ଆଉ ତୁମ୍ଭମାନଙ୍କ ନିମନ୍ତେ ତାହା ସାଧିତ ହେବ। ... ପିତା ଯେପ୍ରକାର ମୋତେ ପ୍ରେମ କରିଅଛନ୍ତି, ମୁଁ ମଧ୍ୟ ସେପ୍ରକାର ତୁମ୍ଭମାନଙ୍କୁ ପ୍ରେମ କରିଅଛି; ମୋହର ପ୍ରେମରେ ସ୍ଥିର ହୋଇ ରହିଥାଅ। ... ମୋହର ଆନନ୍ଦ ଯେପରି ତୁମ୍ଭମାନଙ୍କଠାରେ ଥାଏ, ଆଉ ତୁମ୍ଭମାନଙ୍କ ଆନନ୍ଦ ଯେପରି ପୂର୍ଣ୍ଣ ହୁଏ, ଏଥିନିମନ୍ତେ ମୁଁ ଏସମସ୍ତ ତୁମ୍ଭମାନଙ୍କୁ କହିଲି। ମୁଁ ଯେପରି ତୁମ୍ଭମାନଙ୍କୁ ପ୍ରେମ କରିଅଛି, ତୁମ୍ଭେମାନେ ସେହିପରି ପରସ୍ପରକୁ ପ୍ରେମ କର, ଏହି ମୋହର ଆଜ୍ଞା। ଆପଣା ବନ୍ଧୁମାନଙ୍କ ନିମନ୍ତେ ନିଜ ପ୍ରାଣ ଦାନ କରିବା ଅପେକ୍ଷା କାହାରି ଆଉ ଅଧିକ ଶ୍ରେଷ୍ଠ ପ୍ରେମ ନାହିଁ। ମୁଁ ତୁମ୍ଭମାନଙ୍କୁ ଯେଉଁ ଆଜ୍ଞା ଦେଉଅଛି, ତାହା ଯଦି ପାଳନ କର, ତେବେ ତୁମ୍ଭେମାନେ ମୋହର ବନ୍ଧୁ। ... ତୁମ୍ଭେମାନେ ମୋତେ ମନୋନୀତ କରି ନାହଁ, କିନ୍ତୁ ମୁଁ ତୁମ୍ଭମାନଙ୍କୁ ମନୋନୀତ କରିଅଛି, ଆଉ ତୁମ୍ଭେମାନେ ଯେପରି ଯାଇ ଫଳ ଉତ୍ପନ୍ନ କର ଓ ତୁମ୍ଭମାନଙ୍କର ଫଳ ସ୍ଥାୟୀ ହୁଏ, ଏଥିନିମନ୍ତେ ତୁମ୍ଭମାନଙ୍କୁ ନିଯୁକ୍ତ କରିଅଛି। ସେଥିରେ ତୁମ୍ଭେମାନେ ମୋʼ ନାମରେ ପିତାଙ୍କୁ ଯାହା କିଛି ମାଗିବ, ସେ ତାହା ତୁମ୍ଭମାନଙ୍କୁ ଦେବେ;

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ଯୋହନ 11:25-26, 40-43 (IRV)

# ଯେ କେହି ବଞ୍ଚେ ଓ ମୋ’ ଠାରେ ବିଶ୍ୱାସ କରେ, ସେ କଦାପି ମରିବ ନାହିଁ… ଏହା କଅଣ ବିଶ୍ୱାସ କରୁଅଛ?



ଯୀଶୁ ତାହାଙ୍କୁ କହିଲେ, “ମୁଁ ପୁନରୁତ୍ଥାନ ଓ ଜୀବନ; ଯେ ମୋ’ ଠାରେ ବିଶ୍ୱାସ କରେ, ସେ ଯଦ୍ୟପି ମରେ, ତଥାପି ସେ ବଞ୍ଚିବ, ପୁଣି, ଯେ କେହି ବଞ୍ଚେ ଓ ମୋ’ ଠାରେ ବିଶ୍ୱାସ କରେ, ସେ କଦାପି ମରିବ ନାହିଁ; ଏହା କଅଣ ବିଶ୍ୱାସ କରୁଅଛ?” … ଯୀଶୁ ତାହାଙ୍କୁ କହିଲେ, “ଯଦି ତୁମ୍ଭେ ବିଶ୍ୱାସ କର, ତାହାହେଲେ ଇଶ୍ୱରଙ୍କ ମହିମା ଦେଖିବ, ଏହା କଅଣ ମୁଁ ତୁମ୍ଭକୁ କହିଲି ନାହିଁ?” ସେଥିରେ ସେମାନେ ପଥର ଘୁଞ୍ଚାଇଦେଲେ। ଆଉ, ଯୀଶୁ ଊର୍ଦ୍ଧ୍ୱଦୃଷ୍ଟି କରି କହିଲେ, “ପିତଃ, ତୁମ୍ଭେ ମୋହର ପ୍ରାର୍ଥନା ଶୁଣିଲ ବୋଲି ମୁଁ ତୁମ୍ଭକୁ ଧନ୍ୟବାଦ ଦେଉଅଛି। ତୁମ୍ଭେ ଯେ ସର୍ବଦା ମୋହର ପ୍ରାର୍ଥନା ଶୁଣିଥାଅ, ଏହା ମୁଁ ଜାଣିଥିଲି; କିନ୍ତୁ ଯେଉଁ ଲୋକସମୂହ ଚତୁର୍ଦ୍ଦିଗରେ ଠିଆ ହୋଇଅଛନ୍ତି, ତୁମ୍ଭେ ମୋତେ ପ୍ରେରଣ କରିଅଛ ବୋଲି ସେମାନେ ଯେପରି ବିଶ୍ୱାସ କରିବେ, ଏଥିପାଇଁ ସେମାନଙ୍କ ହେତୁ ମୁଁ ଏହା କହିଲି।” ସେ ଏହା କହି ଉଚ୍ଚସ୍ୱରରେ ଡାକିଲେ, “ଲାଜାର, ବାହାରି ଆସ।”

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ଯୋହନ 12:23-26 (IRV)

# ଯେ ଆପଣା ପ୍ରାଣକୁ ପ୍ରିୟ ଜ୍ଞାନ କରେ, ସେ ତାହା ହରାଇବ... କେହି ଯେବେ ମୋହର ସେବକ, ତେବେ ସେ ମୋହର ଅନୁଗମନ କରୁ



ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, "ମନୁଷ୍ୟପୁତ୍ର ମହିମାନ୍ୱିତ ହେବା ନିମନ୍ତେ ସମୟ ଉପସ୍ଥିତ। ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଗହମବୀଜ ଯଦି ମୃତ୍ତିକାରେ ପଡ଼ି ନ ମରେ, ତାହାହେଲେ ତାହା ଏକମାତ୍ର ଥାଏ, କିନ୍ତୁ ଯଦି ମରେ, ତାହାହେଲେ ବହୁତ ଫଳ ଫଳେ। ଯେ ଆପଣା ପ୍ରାଣକୁ ପ୍ରିୟ ଜ୍ଞାନ କରେ, ସେ ତାହା ହରାଇବ, ଆଉ ଯେ ଆପଣା ପ୍ରାଣକୁ ଇହଜଗତରେ ଘୃଣା କରେ, ସେ ତାହା ଅନନ୍ତ ଜୀବନ ନିମନ୍ତେ ରକ୍ଷା କରିବ। କେହି ଯେବେ ମୋହର ସେବକ, ତେବେ ସେ ମୋହର ଅନୁଗମନ କରୁ; ଆଉ, ମୁଁ ଯେଉଁଠାରେ ଥାଏ, ମୋହର ସେବକ ମଧ୍ୟ ସେହିଠାରେ ରହିବ; କେହି ଯେବେ ମୋହର ସେବା କରେ, ତେବେ ପିତା ତାହାକୁ ସମ୍ମାନ ଦେବେ।"

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 14:15, 18-19, 21; 10:27-30 (IRV)

# ମୁଁ ତୁମ୍ଭମାନଙ୍କୁ ଅନାଥ କରି ଛାଡ଼ିଯିବି ନାହିଁ... ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ... ମୋ’ ମେଷସବୁ ମୋହର ସ୍ୱର ଶୁଣନ୍ତି

“ଯଦି ତୁମ୍ଭେମାନେ ମୋତେ ପ୍ରେମ କର, ତାହାହେଲେ ମୋହର ଆଜ୍ଞାସବୁ ପାଳନ କରିବ। ... ମୁଁ ତୁମ୍ଭମାନଙ୍କୁ ଅନାଥ କରି ଛାଡ଼ିଯିବି ନାହିଁ, ମୁଁ ତୁମ୍ଭମାନଙ୍କ ନିକଟକୁ ଆସୁଅଛି। ଅଳ୍ପମାତ୍ର ସମୟ ରହିଲା, ଜଗତ ମୋତେ ଆଉ ଦେଖିବ ନାହିଁ; ମାତ୍ର ତୁମ୍ଭେମାନେ ମୋତେ ଦେଖିବ, କାରଣ ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ। ... ଯେ ମୋହର ଆଜ୍ଞାସବୁ ଗ୍ରହଣ କରି ପାଳନ କରେ, ସେହି ତ ମୋତେ ପ୍ରେମ କରେ, ଆଉ ଯେ ମୋତେ ପ୍ରେମ କରେ, ମୋହର ପିତା ତାହାକୁ ପ୍ରେମ କରିବେ, ପୁଣି, ମୁଁ ତାହାକୁ ପ୍ରେମ କରିବି ଓ ତାହା ନିକଟରେ ଆପଣାକୁ ପ୍ରକାଶ କରିବି।” ... ମୋ’ ମେଷସବୁ ମୋହର ସ୍ୱର ଶୁଣନ୍ତି ଓ ମୁଁ ସେମାନଙ୍କୁ ଜାଣେ, ଆଉ ସେମାନେ ମୋହର ପଛେ ପଛେ ଚାଲନ୍ତି, ପୁଣି, ମୁଁ ସେମାନଙ୍କୁ ଅନନ୍ତ ଜୀବନ ଦିଏ, ଆଉ ସେମାନେ କଦାପି କେବେ ହେଁ ବିନଷ୍ଟ ହେବେ ନାହିଁ, ପୁଣି, କେହି ମୋ’ ହସ୍ତରୁ ସେମାନଙ୍କୁ ହରଣ କରିବ ନାହିଁ। ମୋହର ପିତା ମୋତେ ଯାହା ଦେଇଅଛନ୍ତି, ତାହା ସବୁଠାରୁ ବହୁମୂଲ୍ୟ, ଆଉ ପିତାଙ୍କ ହସ୍ତରୁ କେହି ତାହା ହରଣ କରିପାରେ ନାହିଁ। ମୁଁ ଓ ପିତା ଏକ।



*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ *16:22, 27, 31-33 (IRV)*

# ଜଗତରେ ତୁମ୍ଭମାନଙ୍କ ନିମନ୍ତେ କ୍ଳେଶ ଅଛି, କିନ୍ତୁ ସାହସ ଧର; ମୁଁ ଜଗତକୁ ଜୟ କରିଅଛି

---

ସେହିପରି ତୁମ୍ଭେମାନେ ବର୍ତ୍ତମାନ ଦୁଃଖ ପାଉଅଛ, କିନ୍ତୁ ମୁଁ ପୁନର୍ବାର ତୁମ୍ଭମାନଙ୍କୁ ଦର୍ଶନ ଦେବି, ଆଉ ତୁମ୍ଭମାନଙ୍କ ହୃଦୟ ଆନନ୍ଦିତ ହେବ ଓ କେହି ତୁମ୍ଭମାନଙ୍କଠାରୁ ତୁମ୍ଭମାନଙ୍କର ଆନନ୍ଦ ହରଣ କରିବ ନାହିଁ। … କାରଣ ପିତା ସ୍ୱୟଂ ତୁମ୍ଭମାନଙ୍କୁ ପ୍ରେମ କରନ୍ତି, ଯେଣୁ ତୁମ୍ଭେମାନେ ମୋତେ ସ୍ନେହ କରିଅଛ ଓ ମୁଁ ଯେ ଈଶ୍ୱରଙ୍କ ନିକଟରୁ ଆସିଅଛି, ତାହା ତୁମ୍ଭେମାନେ ବିଶ୍ୱାସ କରିଅଛ। … ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, "ତୁମ୍ଭେମାନେ କଅଣ ଏବେ ବିଶ୍ୱାସ କରୁଅଛ? ଦେଖ, ସମୟ ଆସୁଅଛି, ହଁ, ଆସିଲାଣି, ଯେତେବେଳେ ତୁମ୍ଭେମାନେ ଛିନ୍ନଭିନ୍ନ ହୋଇ ପ୍ରତ୍ୟେକେ ଆପଣା ଆପଣା ଘରକୁ ପଳାଇଯିବ, ଆଉ ମୋତେ ଏକାକୀ ପରିତ୍ୟାଗ କରିବ; ତଥାପି ମୁଁ ଏକାକୀ ନୁହେଁ, କାରଣ ପିତା ମୋ' ସାଙ୍ଗରେ ଅଛନ୍ତି। ତୁମ୍ଭେମାନେ ଯେପରି ମୋ' ଠାରେ ଶାନ୍ତି ପ୍ରାପ୍ତ ହୁଅ, ଏଥିନିମନ୍ତେ ମୁଁ ତୁମ୍ଭମାନଙ୍କୁ ଏହିସବୁ ବିଷୟ କହିଅଛି। ଜଗତରେ ତୁମ୍ଭମାନଙ୍କ ନିମନ୍ତେ କ୍ଳେଶ ଅଛି, କିନ୍ତୁ ସାହସ ଧର; ମୁଁ ଜଗତକୁ ଜୟ କରିଅଛି।"

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 17:17-21, 26 (IRV)

# ସତ୍ୟ ଦ୍ୱାରା ସେମାନଙ୍କୁ ପବିତ୍ର କର, ତୁମ୍ଭର ବାକ୍ୟ ତ ସତ୍ୟ... ତୁମ୍ଭେ ମୋତେ ଯେଉଁ ପ୍ରେମରେ ପ୍ରେମ କଲ, ତାହା ଯେପରି ସେମାନଙ୍କଠାରେ ଥାଏ ଓ ମୁଁ ସେମାନଙ୍କଠାରେ ରହେ

---

ସତ୍ୟ ଦ୍ୱାରା ସେମାନଙ୍କୁ ପବିତ୍ର କର, ତୁମ୍ଭର ବାକ୍ୟ ତ ସତ୍ୟ। ତୁମ୍ଭେ ମୋତେ ଯେପରି ଜଗତକୁ ପ୍ରେରଣ କରିଅଛ, ମୁଁ ମଧ୍ୟ ସେମାନଙ୍କୁ ସେପରି ଜଗତକୁ ପ୍ରେରଣ କରିଅଛି। ଆଉ, ସେମାନେ ସୁଦ୍ଧା ଯେପରି ସତ୍ୟ ଦ୍ୱାରା ପବିତ୍ରୀକୃତ ହୁଅନ୍ତି, ଏଥିପାଇଁ ମୁଁ ସେମାନଙ୍କ ନିମନ୍ତେ ଆପଣାକୁ ପବିତ୍ର କରୁଅଛି।” “ମୁଁ କେବଳ ଏମାନଙ୍କ ନିମନ୍ତେ ପ୍ରାର୍ଥନା କରୁ ନାହିଁ, ମାତ୍ର ଏମାନଙ୍କ ବାକ୍ୟ ଦ୍ୱାରା ଯେଉଁମାନେ ମୋ’ ଠାରେ ବିଶ୍ୱାସ କରନ୍ତି, ସେମାନଙ୍କ ନିମନ୍ତେ ସୁଦ୍ଧା ପ୍ରାର୍ଥନା କରୁଅଛି, ଯେପରି ସେମାନେ ସମସ୍ତେ ଏକ ହୁଅନ୍ତି; ହେ ପିତା, ତୁମ୍ଭେ ଯେପ୍ରକାରେ ମୋ’ ଠାରେ ଅଛ ଓ ମୁଁ ତୁମ୍ଭଠାରେ ଅଛି, ସେମାନେ ମଧ୍ୟ ସେପ୍ରକାରେ ଆମ୍ଭମାନଙ୍କଠାରେ ରହନ୍ତୁ, ଯେପରି ତୁମ୍ଭେ ମୋତେ ପ୍ରେରଣ କଲ ବୋଲି ଜଗତ ବିଶ୍ୱାସ କରେ। ... ପୁଣି, ତୁମ୍ଭେ ମୋତେ ଯେଉଁ ପ୍ରେମରେ ପ୍ରେମ କଲ, ତାହା ଯେପରି ସେମାନଙ୍କଠାରେ ଥାଏ ଓ ମୁଁ ସେମାନଙ୍କଠାରେ ରହେ, ଏନିମନ୍ତେ ମୁଁ ସେମାନଙ୍କୁ ତୁମ୍ଭ ନାମ ଜଣାଇଅଛି ଓ ଜଣାଇବି।”

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ମାର୍କ 4:38-40 (IRV)

# ତୁମ୍ଭେମାନେ କାହିଁକି ଏଡ଼େ ଭୀରୁ?... ତୁମ୍ଭମାନଙ୍କର ବିଶ୍ୱାସ ନାହିଁ?

ସେତେବେଳେ ସେ ନୌକାର ପଛ ମଙ୍ଗରେ ମୁଚୁଳାରେ ମୁଣ୍ଡ ଦେଇ ଶୋଇପଡ଼ିଥିଲେ; ଆଉ ସେମାନେ ତାହାଙ୍କୁ ଉଠାଇ କହିଲେ, ହେ ଗୁରୁ, ଆମେ ମଲୁ, ଆପଣଙ୍କର କଅଣ ଚିନ୍ତା ନାହିଁ? ଏଥିରେ ସେ ଉଠି ପବନକୁ ଧମକ ଦେଇ ସମୁଦ୍ରକୁ କହିଲେ, “ତୁନି ହ, ଚୁପ୍ କର୍।” ସେଥିରେ ପବନ ବନ୍ଦ ହେଲା ଓ ସବୁ ଧିରସ୍ଥିର ହେଲା। ପୁଣି, ଯୀଶୁ ସେମାନଙ୍କୁ କହିଲେ, “ତୁମ୍ଭେମାନେ କାହିଁକି ଏଡ଼େ ଭୀରୁ? ଏ କଅଣ! ତୁମ୍ଭମାନଙ୍କର ବିଶ୍ୱାସ ନାହିଁ?”

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

# ଜାଗି ରହି ପ୍ରାର୍ଥନା କର... ଆତ୍ମା ଇଚ୍ଛୁକ ସତ୍ୟ, ମାତ୍ର ଶରୀର ଦୁର୍ବଳ

ଆଉ ଯୀଶୁ କହିଲେ, "ଆବ୍ବା, ପିତଃ, ସମସ୍ତ ତୁମ୍ଭର ସାଧ୍ୟ; ଏହି ପାନପାତ୍ର ମୋ'ଠାରୁ ଦୂର କର; ତଥାପି ମୋହର ଇଚ୍ଛା ନୁହେଁ, ମାତ୍ର ତୁମ୍ଭର ଇଚ୍ଛା।" ... ପରୀକ୍ଷାରେ ଯେପରି ନ ପଡ଼, ଏଥିପାଇଁ ଜାଗି ରହି ପ୍ରାର୍ଥନା କର; ଆତ୍ମା ଇଚ୍ଛୁକ ସତ୍ୟ, ମାତ୍ର ଶରୀର ଦୁର୍ବଳ।" ... କିନ୍ତୁ ସେ ନୀରବ ହୋଇ ରହି କୌଣସି ଉତ୍ତର ଦେଲେ ନାହିଁ। ମହାଯାଜକ ପୁନର୍ବାର ତାହାଙ୍କୁ ପଚାରିଲେ, ତୁମ୍ଭେ ପରମ-ଧନ୍ୟଙ୍କ ପୁତ୍ର ଖ୍ରୀଷ୍ଟ କି? ଯୀଶୁ କହିଲେ, "ମୁଁ ସେହି; ପୁଣି, ଆପଣମାନେ ମନୁଷ୍ୟପୁତ୍ରଙ୍କୁ ପରାକ୍ରମର ଦକ୍ଷିଣ ପାର୍ଶ୍ୱରେ ଉପବିଷ୍ଟ ଓ ଆକାଶର ମେଘମାଳାରେ ଆଗମନ କରିବା ଦେଖିବେ।"



*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 10:6, 8, 13 (IRV)

# ଈଶ୍ୱର ବିଶ୍ୱସ୍ତ, ସେ ତୁମ୍ଭମାନଙ୍କୁ କୌଣସି ଅସହ୍ୟ ପରୀକ୍ଷାରେ ପରୀକ୍ଷିତ ହେବାକୁ ଦେବେ ନାହିଁ



ସେମାନେ ଯେପ୍ରକାର ମନ୍ଦ ବିଷୟରେ ଅଭିଳାଷୀ ହୋଇଥିଲେ, ଆମ୍ଭେମାନେ ଯେପରି ସେପ୍ରକାରେ ଅଭିଳାଷୀ ନ ହେଉ, ଏଥିନିମନ୍ତେ ଏହି ସମସ୍ତ ବିଷୟ ଆମ୍ଭମାନଙ୍କ ପକ୍ଷରେ ଦୃଷ୍ଟାନ୍ତ ସ୍ୱରୂପ ହୋଇଅଛି। … ଯେପରି ସେମାନଙ୍କ ମଧ୍ୟରେ କେତେକ ବ୍ୟଭିଚାର କରି ଏକ ଦିନରେ ତେଇଶ ହଜାର ମରିଗଲେ, ସେପରି ଆମ୍ଭେମାନେ ବ୍ୟଭିଚାର ନ କରୁ। … ମନୁଷ୍ୟ ପ୍ରତି ଯେଉଁ ପ୍ରକାର ପରୀକ୍ଷା ସ୍ୱାଭାବିକ, ତାହା ଛଡ଼ା ଅନ୍ୟ ପ୍ରକାର ପରୀକ୍ଷା ତୁମ୍ଭମାନଙ୍କ ପ୍ରତି ଘଟି ନାହିଁ; କିନ୍ତୁ ଈଶ୍ୱର ବିଶ୍ୱସ୍ତ, ସେ ତୁମ୍ଭମାନଙ୍କୁ କୌଣସି ଅସହ୍ୟ ପରୀକ୍ଷାରେ ପରୀକ୍ଷିତ ହେବାକୁ ଦେବେ ନାହିଁ, ମାତ୍ର ଯେପରି ତୁମ୍ଭେମାନେ ସହ୍ୟ କରିପାର, ଏଥିପାଇଁ ପରୀକ୍ଷା ଘଟିବା ସଙ୍ଗେ ସଙ୍ଗେ ସେ ଉଦ୍ଧାରର ପଥ ମଧ୍ୟ ପ୍ରସ୍ତୁତ କରିବେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 3:1, 3, 16-17 (IRV)

# ତୁମ୍ଭମାନଙ୍କ ମଧ୍ୟରେ ଈର୍ଷା ଓ ବିବାଦ ରହିଅଛି... ତୁମ୍ଭେମାନେ ଈଶ୍ୱରଙ୍କ ମନ୍ଦିର... ଈଶ୍ୱରଙ୍କ ମନ୍ଦିର ପବିତ୍ର

ହେ ଭାଇମାନେ, ମୁଁ ଆତ୍ମିକମନା ଲୋକଙ୍କୁ କହିଲା ପରି ତୁମ୍ଭମାନଙ୍କୁ କହି ପାରିଲି ନାହିଁ, କିନ୍ତୁ ଶାରୀରିକମନା ଲୋକଙ୍କୁ ଓ ଖ୍ରୀଷ୍ଟଙ୍କଠାରେ ଶିଶୁମାନଙ୍କୁ କହିଲା ପରି ତୁମ୍ଭମାନଙ୍କୁ କହିଲି। ... ଯେଣୁ, ଏପର୍ଯ୍ୟନ୍ତ ତୁମ୍ଭେମାନେ ଶାରୀରିକ ଅଟ। କାରଣ ଯେତେବେଳେ ତୁମ୍ଭମାନଙ୍କ ମଧ୍ୟରେ ଈର୍ଷା ଓ ବିବାଦ ରହିଅଛି, ତୁମ୍ଭେମାନେ କି ଶାରୀରିକ ନୁହଁ ଓ ମନୁଷ୍ୟର ସ୍ୱଭାବ ଅନୁସାରେ କି ଆଚରଣ କରୁ ନାହଁ? ... ତୁମ୍ଭେମାନେ କି ଜାଣ ନାହିଁ ଯେ, ତୁମ୍ଭେମାନେ ଈଶ୍ୱରଙ୍କ ମନ୍ଦିର, ଆଉ ଈଶ୍ୱରଙ୍କ ଆତ୍ମା ତୁମ୍ଭମାନଙ୍କ ଅନ୍ତରରେ ବାସ କରନ୍ତି; ଯଦି କୌଣସି ଲୋକ ଈଶ୍ୱରଙ୍କ ମନ୍ଦିରକୁ ନଷ୍ଟ କରେ, ତେବେ ଈଶ୍ୱର ତାହାକୁ ନଷ୍ଟ କରିବେ କାରଣ ଈଶ୍ୱରଙ୍କ ମନ୍ଦିର ପବିତ୍ର, ସେହି ମନ୍ଦିର ତୁମ୍ଭେମାନେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 6:9-13 (IRV)

# ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ନାମରେ... ତୁମ୍ଭେମାନେ ଧୌତ ହୋଇଅଛ, ପବିତ୍ରୀକୃତ ହୋଇଅଛ ଓ ଧାର୍ମିକ ବୋଲି ଗଣିତ ହୋଇଅଛ



ଅବା, ଅଧାର୍ମିକମାନେ ଯେ ଈଶ୍ୱରଙ୍କ ରାଜ୍ୟର ଅଧିକାରୀ ହେବେ ନାହିଁ, ଏହା କି ତୁମ୍ଭେମାନେ ଜାଣ ନାହିଁ? ଭ୍ରାନ୍ତ ହୁଅ ନାହିଁ, ବ୍ୟଭିଚାରୀ କି ପ୍ରତିମାପୂଜକ କି ପାରଦାରିକ କି ସ୍ତ୍ରୀବତ୍ ଆଚାରୀ କି ପୁଂମୈଥୁନକାରୀ କି ଚୋର କି ଧନଲୋଭୀ କି ମଦୁଆଳ କି ନିନ୍ଦକ କି ପରଦ୍ରବ୍ୟ ଲୁଣ୍ଠନକାରୀ, ଏମାନେ ଈଶ୍ୱରଙ୍କ ରାଜ୍ୟର ଅଧିକାରୀ ହେବେ ନାହିଁ। ଆଉ, ତୁମ୍ଭମାନଙ୍କ ମଧ୍ୟରୁ କେହି କେହି ଏହି ପ୍ରକାର ଥିଲ; କିନ୍ତୁ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ନାମରେ ଓ ଆମ୍ଭମାନଙ୍କ ଈଶ୍ୱରଙ୍କ ଆତ୍ମାଙ୍କ ଦ୍ୱାରା ତୁମ୍ଭେମାନେ ଧୌତ ହୋଇଅଛ, ପବିତ୍ରୀକୃତ ହୋଇଅଛ ଓ ଧାର୍ମିକ ବୋଲି ଗଣିତ ହୋଇଅଛ। ସମସ୍ତ ବିଷୟ ସାଧନ କରିବାକୁ ମୋହର ସ୍ୱାଧୀନତା ଅଛି, କିନ୍ତୁ ସମସ୍ତ ବିଷୟ ହିତଜନକ ନୁହେଁ। ସମସ୍ତ ବିଷୟ ସାଧନ କରିବାକୁ ମୋହର ସ୍ୱାଧୀନତା ଅଛି, କିନ୍ତୁ ମୁଁ କୌଣସି ବିଷୟର ବଶୀଭୂତ ହେବି ନାହିଁ। ଖାଦ୍ୟ ଉଦର ନିମନ୍ତେ, ପୁଣି, ଉଦର ଖାଦ୍ୟ ନିମନ୍ତେ; କିନ୍ତୁ ଈଶ୍ୱର ଉଭୟକୁ ଲୋପ କରିବେ। ଶରୀର ବ୍ୟଭିଚାର ନିମନ୍ତେ ନୁହେଁ, କିନ୍ତୁ ପ୍ରଭୁଙ୍କ ନିମନ୍ତେ, ଆଉ ପ୍ରଭୁ ଶରୀର ନିମନ୍ତେ;

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୨ କରିନ୍ଥୀୟ 1:3-4, 8-9 (IRV)

# ସେ ଦୟାମୟ ପିତା ଓ ସମସ୍ତ ସାନ୍ତ୍ୱନାଦାତା ଈଶ୍ୱର... ସେ ଆମ୍ଭମାନଙ୍କ ସମସ୍ତ କ୍ଲେଶରେ ଆମ୍ଭମାନଙ୍କୁ ସାନ୍ତ୍ୱନା ପ୍ରଦାନ କରନ୍ତି

ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଈଶ୍ୱର ଓ ପିତା ଧନ୍ୟ, ସେ ଦୟାମୟ ପିତା ଓ ସମସ୍ତ ସାନ୍ତ୍ୱନାଦାତା ଈଶ୍ୱର; ଈଶ୍ୱରଙ୍କ ଦ୍ୱାରା ଯେଉଁ ସାନ୍ତ୍ୱନାରେ ଆମ୍ଭେମାନେ ସାନ୍ତ୍ୱନାପ୍ରାପ୍ତ ହେଉଅଛୁ, ସେହି ସାନ୍ତ୍ୱନା ଦ୍ୱାରା ଯେପରି ସମସ୍ତ ପ୍ରକାର କ୍ଲେଶ ଭୋଗୁଥିବା ଲୋକମାନଙ୍କୁ ସାନ୍ତ୍ୱନା ଦେଇପାରୁ, ଏଥିପାଇଁ ସେ ଆମ୍ଭମାନଙ୍କ ସମସ୍ତ କ୍ଲେଶରେ ଆମ୍ଭମାନଙ୍କୁ ସାନ୍ତ୍ୱନା ପ୍ରଦାନ କରନ୍ତି। ... କାରଣ, ହେ ଭାଇମାନେ, ଏସିଆରେ ଆମ୍ଭମାନଙ୍କ ଉପରେ ଘଟିଥିବା କ୍ଲେଶ ସମ୍ବନ୍ଧରେ ତୁମ୍ଭେମାନେ ଯେ ଅଜ୍ଞ ଥାଅ, ଏହା ଆମ୍ଭମାନଙ୍କର ଇଚ୍ଛା ନୁହେଁ; ଆମ୍ଭେମାନେ ଆମ୍ଭମାନଙ୍କ ଶକ୍ତିରୁ ଅତିରିକ୍ତ ରୂପେ ଭାରଗ୍ରସ୍ତ ହୋଇଥିଲୁ, ଏପରିକି ଜୀବନର ଆଶା ମଧ୍ୟ ପରିତ୍ୟାଗ କରିଥିଲୁ; ହଁ, ଆମ୍ଭେମାନେ ମୃତ୍ୟୁରେ ସମର୍ପିତ ହୋଇଅଛୁ ବୋଲି ନିଜ ନିଜ ମନରେ ବୋଧ ପାଇଥିଲୁ, ଯେପରି ଆମ୍ଭେମାନେ ଆପଣା ଆପଣା ଉପରେ ନିର୍ଭର ନ ଦେଇ ବରଂ ଯେଉଁ ଈଶ୍ୱର ମୃତମାନଙ୍କୁ ଉଠାନ୍ତି, ତାହାଙ୍କ ଉପରେ ନିର୍ଭର କରୁ;

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୨ କରିନ୍ଥୀୟ 4:6-7; 1:12 (IRV)

# ଆମ୍ଭମାନଙ୍କ ହୃଦୟରେ ଆଲୋକ ପ୍ରକାଶ କରିଅଛନ୍ତି... ମହାଶକ୍ତି ଯେ ଈଶ୍ବରଙ୍କର, ପୁଣି, ତାହା ଯେ ଆମ୍ଭମାନଙ୍କଠାରୁ ଉତ୍ପନ୍ନ ନୁହେଁ... ଏହି ଧନ ମୃତ୍ତିକା ପାତ୍ରରେ ପାଇଅଛୁ



ଯେଣୁ ଅନ୍ଧକାରରୁ ଦୀପ୍ତି ପ୍ରକାଶ ପାଉ ବୋଲି ଆଜ୍ଞା ଦେଇଥିଲେ ଯେଉଁ ଈଶ୍ବର, ସେ ଖ୍ରୀଷ୍ଟଙ୍କ ମୁଖରେ ପ୍ରକାଶିତ ଈଶ୍ବରଙ୍କ ଗୌରବମୟ ଜ୍ଞାନର ଆଲୋକ ଦେଖାଇବା ନିମନ୍ତେ ଆମ୍ଭମାନଙ୍କ ହୃଦୟରେ ଆଲୋକ ପ୍ରକାଶ କରିଅଛନ୍ତି। ମାତ୍ର ମହାଶକ୍ତି ଯେ ଈଶ୍ବରଙ୍କର, ପୁଣି, ତାହା ଯେ ଆମ୍ଭମାନଙ୍କଠାରୁ ଉତ୍ପନ୍ନ ନୁହେଁ, ଏହା ଯେପରି ପ୍ରକାଶ ପାଏ, ଏଥିନିମନ୍ତେ ଆମ୍ଭେମାନେ ଏହି ଧନ ମୃତ୍ତିକା ପାତ୍ରରେ ପାଇଅଛୁ; ... ଜଗତରେ, ବିଶେଷତଃ ତୁମ୍ଭମାନଙ୍କ ପ୍ରତି, ଆମ୍ଭେମାନେ ସାଂସାରିକ ଜ୍ଞାନରେ ଆଚରଣ ନ କରି ବରଂ ଈଶ୍ବରଙ୍କ ଅନୁଗ୍ରହରେ, ତାହାଙ୍କ ପବିତ୍ର ଓ ସରଳ ଭାବାନୁସାରେ ଆଚରଣ କରିଥିଲୁ ବୋଲି ଆମ୍ଭମାନଙ୍କର ବିବେକ ଯେ ସାକ୍ଷ୍ୟ ଦେଉଅଛି, ଏହା ଆମ୍ଭମାନଙ୍କ ଦର୍ପର ବିଷୟ।



*Indian Revised Version · CC BY-SA 4.0 · Bridge Connectivity Solutions*

ଗାଲାତୀୟ 2:18-21 (IRV)

# ମୁଁ ଖ୍ରୀଷ୍ଟଙ୍କ ସହିତ କ୍ରୁଶରେ ହତ ହୋଇଅଛି... ଈଶ୍ବରଙ୍କ ପୁତ୍ର ମୋତେ ପ୍ରେମ କରି ମୋʼ ନିମନ୍ତେ ଆପଣାକୁ ଉତ୍ସର୍ଗ କଲେ

---

କାରଣ ମୁଁ ଯେଉଁ ଯେଉଁ ମୋଶାଙ୍କ ବ୍ୟବସ୍ଥା ଭାଙ୍ଗିଅଛି, ସେହିସବୁ ଯଦି ଆଉ ଥରେ ନିର୍ମାଣ କରେ, ତେବେ ମୁଁ ନିଜକୁ ଅପରାଧୀ ବୋଲି ପ୍ରମାଣ କରୁଅଛି। ଯେଣୁ ଈଶ୍ବରଙ୍କ ଉଦ୍ଦେଶ୍ୟରେ ଜୀବିତ ହେବା ନିମନ୍ତେ ମୁଁ ମୋଶାଙ୍କ ବ୍ୟବସ୍ଥା ଦ୍ୱାରା ମୋଶାଙ୍କ ବ୍ୟବସ୍ଥା ପ୍ରତି ମୃତ ହୋଇଅଛି। ମୁଁ ଖ୍ରୀଷ୍ଟଙ୍କ ସହିତ କ୍ରୁଶରେ ହତ ହୋଇଅଛି; ମୁଁ ଆଉ ଜୀବିତ ନୁହେଁ, ମାତ୍ର ଖ୍ରୀଷ୍ଟ ମୋʼ ଠାରେ ଜୀବିତ ଅଛନ୍ତି; ପୁଣି, ମୁଁ ଶରୀରରେ ଥାଇ ବର୍ତ୍ତମାନ ଯେଉଁ ଜୀବନଯାପନ କରୁଅଛି, ତାହା ବିଶ୍ବାସରେ, ଅର୍ଥାତ୍, ଈଶ୍ବରଙ୍କ ପୁତ୍ର ମୋତେ ପ୍ରେମ କରି ମୋʼ ନିମନ୍ତେ ଆପଣାକୁ ଉତ୍ସର୍ଗ କଲେ, ତାହାଙ୍କଠାରେ ବିଶ୍ବାସ କରି ଯାପନ କରୁଅଛି। ମୁଁ ଈଶ୍ବରଙ୍କ ଅନୁଗ୍ରହକୁ ବ୍ୟର୍ଥ କରୁ ନାହିଁ; କାରଣ ଯଦି ମୋଶାଙ୍କ ବ୍ୟବସ୍ଥା ଦ୍ୱାରା ଧାର୍ମିକତା ଲାଭ ହୁଏ, ତାହାହେଲେ ଖ୍ରୀଷ୍ଟଙ୍କ ମୃତ୍ୟୁଭୋଗ କରିବା ବୃଥା।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଗାଲାତୀୟ 6:1-2, 7-9 (IRV)

# ପରସ୍ପରର ଭାର ବହନ କର... ଈଶ୍ୱର ବିଦ୍ରୂପର ପାତ୍ର ନୁହଁନ୍ତି... ମନୁଷ୍ୟ ଯାହା ବୁଣେ, ତାହା ହିଁ କାଟିବ

ହେ ଭାଇମାନେ, ଯଦି କେହି କୌଣସି ଅପରାଧରେ ଧରାପଡ଼େ, ଆତ୍ମିକ ଯେ ତୁମ୍ଭେମାନେ, ତୁମ୍ଭେମାନେ ମୃଦୁ ଭାବରେ ସେହି ପ୍ରକାର ଲୋକକୁ ସଂଶୋଧନ କର, ପୁଣି, କେଜାଣି ନିଜେ ମଧ୍ୟ ପରୀକ୍ଷାରେ ପଡ଼ିପାର, ଏଥିପାଇଁ ଆପଣା ବିଷୟରେ ସାବଧାନ ହୁଅ। ପରସ୍ପରର ଭାର ବହନ କର; ଏହି ପ୍ରକାରେ ତୁମ୍ଭେମାନେ ଖ୍ରୀଷ୍ଟଙ୍କ ବ୍ୟବସ୍ଥା ସଫଳ କରିବ। ... ଭ୍ରାନ୍ତ ନ ହୁଅ; ଈଶ୍ୱର ବିଦ୍ରୂପର ପାତ୍ର ନୁହଁନ୍ତି; କାରଣ ମନୁଷ୍ୟ ଯାହା ବୁଣେ, ତାହା ହିଁ କାଟିବ। ଯେଣୁ ଯେ ଆପଣା ଶରୀର ଉଦ୍ଦେଶ୍ୟରେ ବୁଣେ, ସେ ଶରୀରରୁ ଉତ୍ପନ୍ନ କ୍ଷୟଣୀୟ ଶସ୍ୟ କାଟିବ; କିନ୍ତୁ ଯେ ପବିତ୍ର ଆତ୍ମାଙ୍କ ଉଦ୍ଦେଶ୍ୟରେ ବୁଣେ, ସେ ଆତ୍ମାଙ୍କଠାରୁ ଉତ୍ପନ୍ନ ଅନନ୍ତ ଜୀବନରୂପ ଶସ୍ୟ କାଟିବ। ଆମ୍ଭେମାନେ ଉତ୍ତମ କର୍ମ କରିବାରେ କ୍ଳାନ୍ତ ନ ହେଉ; କାରଣ କ୍ଳାନ୍ତ ନୋହିଲେ ଉପଯୁକ୍ତ ସମୟରେ ଶସ୍ୟ କାଟିବା।



*Indian Revised Version · CC BY-SA 4.0 · Bridge Connectivity Solutions*

୧ ତୀମଥି 4:6-8, 10 (IRV)

# ଈଶ୍ୱରପରାୟଣ ଜୀବନଯାପନ କରିବା ନିମନ୍ତେ ଅଭ୍ୟାସ କର... ଯେଉଁ ଜୀବିତ ଈଶ୍ୱର ସମସ୍ତ ମନୁଷ୍ୟଙ୍କର, ବିଶେଷତଃ ବିଶ୍ୱାସୀମାନଙ୍କର ତ୍ରାଣକର୍ତ୍ତା

ଏହି ସମସ୍ତ ବିଷୟ ତୁମ୍ଭେ ଭାଇମାନଙ୍କୁ ଶିକ୍ଷା ଦେଲେ ଖ୍ରୀଷ୍ଟ ଯୀଶୁଙ୍କର ଜଣେ ଉତ୍ତମ ସେବକ ହେବ, ପୁଣି, ତୁମ୍ଭେ ଯେଉଁ ବିଶ୍ୱାସ ଓ ଉତ୍ତମ ଶିକ୍ଷାର ଅନୁଗାମୀ ହୋଇ ଆସିଅଛ, ସେହି ବାକ୍ୟ ଦ୍ୱାରା ପରିପୁଷ୍ଟ ହେବ; କିନ୍ତୁ ବୟସ୍କା ସ୍ତ୍ରୀଲୋକମାନଙ୍କର ଅସାର କହାଣୀସବୁ ଗ୍ରହଣ କର ନାହିଁ। ଈଶ୍ୱରପରାୟଣ ଜୀବନଯାପନ କରିବା ନିମନ୍ତେ ଅଭ୍ୟାସ କର, କାରଣ ଶାରୀରିକ ବ୍ୟାୟାମ ଅଳ୍ପ ବିଷୟରେ ଲାଭଜନକ, କିନ୍ତୁ ଈଶ୍ୱରପରାୟଣତା ଇହକାଳ ଓ ପରକାଳରେ ପ୍ରତିଜ୍ଞାଯୁକ୍ତ ହୋଇ ସମସ୍ତ ବିଷୟରେ ଲାଭଜନକ ଅଟେ। ... ଏହି ଉଦ୍ଦେଶ୍ୟରେ ତ ଆମ୍ଭେମାନେ ପରିଶ୍ରମ ଓ ପ୍ରାଣପଣ କରୁଅଛୁ, କାରଣ ଯେଉଁ ଜୀବିତ ଈଶ୍ୱର ସମସ୍ତ ମନୁଷ୍ୟଙ୍କର, ବିଶେଷତଃ ବିଶ୍ୱାସୀମାନଙ୍କର ତ୍ରାଣକର୍ତ୍ତା, ତାହାଙ୍କଠାରେ ଆମ୍ଭମାନଙ୍କର ଭରସା ଅଛି।





Indian Revised Version · CC BY-SA 4.0 · Bridge Connectivity Solutions

୧ ତୀମଥି 6:11-16 (IRV)

# ବିଶ୍ୱାସର ଉତ୍ତମ ଯୁଦ୍ଧରେ ପ୍ରାଣପଣ କର, ଅନନ୍ତ ଜୀବନ ଧରି ରଖ... ଧର୍ମବିଧି ପାଳନ କରି ନିଷ୍କଳଙ୍କ ଓ ଅନିନ୍ଦନୀୟ ହୋଇ ରୁହ

---

କିନ୍ତୁ ହେ ଈଶ୍ୱରଙ୍କ ଲୋକ, ତୁମ୍ଭେ ଏହି ସମସ୍ତଠାରୁ ପଳାୟନ କରି ଧାର୍ମିକତା, ଈଶ୍ୱରପରାୟଣତା, ବିଶ୍ୱାସ, ପ୍ରେମ, ଧୈର୍ଯ୍ୟ, ସହିଷ୍ଣୁତା ଓ ନମ୍ରତାର ଅନୁଗାମୀ ହୁଅ। ବିଶ୍ୱାସର ଉତ୍ତମ ଯୁଦ୍ଧରେ ପ୍ରାଣପଣ କର, ଅନନ୍ତ ଜୀବନ ଧରି ରଖ; ସେଥିପାଇଁ ତ ତୁମ୍ଭେ ଆହୂତ ହୋଇଅଛ ଓ ଅନେକ ସାକ୍ଷୀଙ୍କ ସାକ୍ଷାତରେ ଉତ୍ତମ ସାକ୍ଷ୍ୟ ଦେଇଅଛ। ସମସ୍ତଙ୍କ ଜୀବନଦାତା ଈଶ୍ୱରଙ୍କ ସାକ୍ଷାତରେ, ପୁଣି, ପନ୍ତିୟ ପୀଲାତଙ୍କ ସମ୍ମୁଖରେ ଉତ୍ତମ ସାକ୍ଷ୍ୟଦାତା ଖ୍ରୀଷ୍ଟ ଯୀଶୁଙ୍କ ସାକ୍ଷାତରେ, ମୁଁ ତୁମ୍ଭକୁ ଆଦେଶ ଦେଉଅଛି, ତୁମ୍ଭେ ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଆଗମନ ପର୍ଯ୍ୟନ୍ତ ଧର୍ମବିଧି ପାଳନ କରି ନିଷ୍କଳଙ୍କ ଓ ଅନିନ୍ଦନୀୟ ହୋଇ ରୁହ। ସେ ପରମଧନ୍ୟ ଏକମାତ୍ର ସମ୍ରାଟ, ଯେ ରାଜାମାନଙ୍କର ରାଜା ଓ ପ୍ରଭୁମାନଙ୍କର ପ୍ରଭୁ, ଯେ ଏକମାତ୍ର ଅମର ଓ ଅଗମ୍ୟ ଜ୍ୟୋତିର୍ନିବାସୀ, ଯାହାଙ୍କୁ କୌଣସି ମର୍ତ୍ତ୍ୟ କେବେ ଦେଖି ନାହିଁ ବା ଦେଖି ପାରେ ନାହିଁ, ସେ ଉପଯୁକ୍ତ ସମୟରେ ତାହା ଦର୍ଶାଇବେ; ଅନନ୍ତକାଳ ପର୍ଯ୍ୟନ୍ତ ତାହାଙ୍କ ସମ୍ଭ୍ରମ ଓ ପରାକ୍ରମ ପ୍ରକାଶିତ ହେଉ। ଆମେନ୍।



*Indian Revised Version · CC BY-SA 4.0 · Bridge Connectivity Solutions*

# ଈଶ୍ୱର ଆମ୍ଭମାନଙ୍କୁ ଭୟର ଆତ୍ମା ଦେଇ ନାହାନ୍ତି, ମାତ୍ର ଶକ୍ତି, ପ୍ରେମ ଓ ସୁବୁଦ୍ଧିର ଆତ୍ମା ଦେଇଅଛନ୍ତି

ଏହି କାରଣରୁ ମୁଁ ତୁମ୍ଭକୁ ସ୍ମରଣ କରାଉଅଛି ଯେ, ତୁମ୍ଭଠାରେ ଈଶ୍ୱରଙ୍କ ଯେଉଁ ଅନୁଗ୍ରହ ଦାନ ଅଛି, ତାହା ପୁନର୍ବାର ପ୍ରଜ୍ୱଳିତ କର। କାରଣ ଈଶ୍ୱର ଆମ୍ଭମାନଙ୍କୁ ଭୟର ଆତ୍ମା ଦେଇ ନାହାନ୍ତି, ମାତ୍ର ଶକ୍ତି, ପ୍ରେମ ଓ ସୁବୁଦ୍ଧିର ଆତ୍ମା ଦେଇଅଛନ୍ତି। ଅତଏବ, ଆମ୍ଭମାନଙ୍କ ପ୍ରଭୁଙ୍କ ବିଷୟରେ ସାକ୍ଷ୍ୟ ଦେବା ପାଇଁ କିଅବା ତାହାଙ୍କ ନିମନ୍ତେ ବନ୍ଦୀ ଯେ ମୁଁ, ମୋ ବିଷୟରେ ଲଜ୍ଜିତ ହୁଅ ନାହିଁ, ବରଂ ଈଶ୍ୱରଙ୍କ ଶକ୍ତି ଅନୁସାରେ ସୁସମାଚାର ନିମନ୍ତେ ମୋ ସହିତ କ୍ଲେଶ ସହ୍ୟ କର; ... ଏହି କାରଣ ଯୋଗୁଁ ମୁଁ ଏହିସବୁ ମଧ୍ୟ ଦୁଃଖଭୋଗ କରୁଅଛି; ତଥାପି ମୁଁ ଲଜ୍ଜିତ ନୁହେଁ, କାରଣ ମୁଁ ଯାହାଙ୍କଠାରେ ବିଶ୍ୱାସ କରିଅଛି, ତାହାଙ୍କୁ ଜାଣେ, ପୁଣି, ମୁଁ ତାହାଙ୍କ ହାତରେ ଯାହା ସମର୍ପଣ କରିଅଛି, ତାହା ମହାଦିନ ପର୍ଯ୍ୟନ୍ତ ସୁରକ୍ଷା କରିବାକୁ ସେ ଯେ ସମର୍ଥ ଅଟନ୍ତି, ଏହା ଦୃଢ଼ରୂପେ ବିଶ୍ୱାସ କରୁଅଛି।



*Indian Revised Version · CC BY-SA 4.0 · Bridge Connectivity Solutions*

୧ ତୀମଥି 1:3-5; 6:20-21 (IRV)

# ତୁମ୍ଭଠାରେ ଯାହା ସମର୍ପିତ ହୋଇଅଛି, ତାହା ରକ୍ଷା କର... ଅସାର ବକୁଆପଣ ଓ କଥା କଥାରେ ଜ୍ଞାନର ଯୁକ୍ତିତର୍କରୁ ବିମୁଖ ହୁଅ

ମୁଁ ମାକିଦନିଆକୁ ଯିବା ସମୟରେ ତୁମ୍ଭକୁ ଯେପ୍ରକାର ଅନୁରୋଧ କରିଥିଲି, ସେହିପରି ତୁମ୍ଭେ ଏଫିସରେ ରହି କେତେକ ଲୋକ ଯେପରି ଭିନ୍ନ ଶିକ୍ଷା ନ ଦିଅନ୍ତି କି କଳ୍ପିତ ଗଳ୍ପ ଓ ଅଶେଷ ବଂଶାବଳୀରେ ମନୋଯୋଗ ନ କରନ୍ତି, ଏଥିନିମନ୍ତେ ସେମାନଙ୍କୁ ଆଜ୍ଞା ଦିଅ; ସେହିସବୁ ତ ବିଶ୍ୱାସ ସମ୍ବନ୍ଧୀୟ ଈଶ୍ୱରଙ୍କ କାର୍ଯ୍ୟର ଉପକାରୀ ନ ହୋଇ ବରଂ ଯୁକ୍ତିତର୍କ ସୃଷ୍ଟି କରେ। କିନ୍ତୁ ଶୁଦ୍ଧ ହୃଦୟ, ଶୁଚି ବିବେକ ଓ ନିଷ୍କପଟ ବିଶ୍ୱାସରୁ ଜାତ ଯେଉଁ ପ୍ରେମ, ... ହେ ତୀମଥି, ତୁମ୍ଭଠାରେ ଯାହା ସମର୍ପିତ ହୋଇଅଛି, ତାହା ରକ୍ଷା କର; ଅସାର ବକୁଆପଣ ଓ କଥା କଥାରେ ଜ୍ଞାନର ଯୁକ୍ତିତର୍କରୁ ବିମୁଖ ହୁଅ; କେହି କେହି ତାହା ପାଳନ ନ କରି ବିଶ୍ୱାସ ବିଷୟରେ ପଥଭ୍ରଷ୍ଟ ହୋଇଅଛନ୍ତି। ଅନୁଗ୍ରହ ତୁମ୍ଭମାନଙ୍କ ସହବର୍ତ୍ତୀ ହେଉ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯାକୁବ 1:1-5 (IRV)

# ପରୀକ୍ଷାସିଦ୍ଧ ବିଶ୍ୱାସ ଯେ ସହିଷ୍ଣୁତା ଉତ୍ପନ୍ନ କରେ... ଯେବେ କାହାରି ଜ୍ଞାନର ଅଭାବ ଥାଏ... ତାହାଙ୍କ ଛାମୁରେ ସେ ପ୍ରାର୍ଥନା କରୁ



ଈଶ୍ୱରଙ୍କ ଓ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦାସ ଯାକୁବର ଛିନ୍ନଭିନ୍ନ ଦ୍ୱାଦଶ ଗୋଷ୍ଠୀଙ୍କୁ ନମସ୍କାର। ହେ ମୋହର ଭାଇମାନେ, ତୁମ୍ଭେମାନେ ଯେତେବେଳେ ନାନା ପ୍ରକାର ପରୀକ୍ଷାରେ ପରୀକ୍ଷିତ ହୁଅ, ସେତେବେଳେ ତାହା ବିଶେଷ ଆନନ୍ଦର ବିଷୟ ବୋଲି ମନେ କର; ପରୀକ୍ଷାସିଦ୍ଧ ବିଶ୍ୱାସ ଯେ ସହିଷ୍ଣୁତା ଉତ୍ପନ୍ନ କରେ, ଏହା ତ ଜାଣିଅଛ। ଆଉ, ତୁମ୍ଭେମାନେ ଯେପରି କୌଣସି ବିଷୟରେ ଊଣା ନ ପଡ଼ି ସିଦ୍ଧ ଓ ସମ୍ପୂର୍ଣ୍ଣ ହୁଅ, ଏଥିପାଇଁ ସହିଷ୍ଣୁତା ସମ୍ପୂର୍ଣ୍ଣ ରୂପେ କାର୍ଯ୍ୟ ସାଧନ କରୁ। କିନ୍ତୁ ତୁମ୍ଭମାନଙ୍କ ମଧ୍ୟରୁ ଯେବେ କାହାରି ଜ୍ଞାନର ଅଭାବ ଥାଏ, ତେବେ ଯେଉଁ ଈଶ୍ୱର ଦୋଷ ନ ଧରି ମୁକ୍ତ ହସ୍ତରେ ସମସ୍ତଙ୍କୁ ଦାନ କରନ୍ତି, ତାହାଙ୍କ ଛାମୁରେ ସେ ପ୍ରାର୍ଥନା କରୁ, ସେଥିରେ ତାହାକୁ ଦିଆଯିବ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

*ଯାକୁବ 5:13-14, 16, 19-20 (IRV)*

# ପରସ୍ପର ନିକଟରେ ଆପଣା ଆପଣାର ପାପ ସ୍ୱୀକାର କର, ପୁଣି, ସୁସ୍ଥ ହେବା ନିମନ୍ତେ ପରସ୍ପର ପାଇଁ ପ୍ରାର୍ଥନା କର... ସେ ଯେ ତାହାର ଆତ୍ମାକୁ ମୃତ୍ୟୁରୁ ରକ୍ଷା କରେ

---

ତୁମ୍ଭମାନଙ୍କ ମଧ୍ୟରେ କଅଣ କେହି ଦୁଃଖଭୋଗ କରୁଅଛି? ସେ ପ୍ରାର୍ଥନା କରୁ। କେହି କଅଣ ଆନନ୍ଦିତ ଅଟେ? ସେ ସ୍ତବଗାନ କରୁ। ତୁମ୍ଭମାନଙ୍କ ମଧ୍ୟରେ କଅଣ କେହି ପୀଡ଼ିତ? ସେ ମଣ୍ଡଳୀର ପ୍ରାଚୀନମାନଙ୍କୁ ଡକାଉ ସେମାନେ ପ୍ରଭୁଙ୍କ ନାମରେ ତୈଳ ମଖାଇ ତାହା ନିମନ୍ତେ ପ୍ରାର୍ଥନା କରନ୍ତୁ। ... ଅତଏବ, ପରସ୍ପର ନିକଟରେ ଆପଣା ଆପଣାର ପାପ ସ୍ୱୀକାର କର, ପୁଣି, ସୁସ୍ଥ ହେବା ନିମନ୍ତେ ପରସ୍ପର ପାଇଁ ପ୍ରାର୍ଥନା କର। ଧାର୍ମିକ ବ୍ୟକ୍ତିର ପ୍ରାର୍ଥନା ଅନେକ କାର୍ଯ୍ୟ ସାଧନ କରିପାରେ। ... ହେ ମୋହର ଭାଇମାନେ, ତୁମ୍ଭମାନଙ୍କ ମଧ୍ୟରୁ ଯଦି କେହି ସତ୍ୟ ପଥରୁ ଭ୍ରାନ୍ତ ହୁଏ, ପୁଣି, କେହି ତାହାକୁ ଫେରାଇ ଆଣେ, ତେବେ ଯେ ପାପୀକୁ ଭ୍ରାନ୍ତିପଥରୁ ଫେରାଇ ଆଣେ, ସେ ଯେ ତାହାର ଆତ୍ମାକୁ ମୃତ୍ୟୁରୁ ରକ୍ଷା କରେ ଓ ବହୁତ ପାପ ଆଚ୍ଛାଦନ କରେ, ଏହା ଜାଣ।



*Indian Revised Version · CC BY-SA 4.0 · Bridge Connectivity Solutions*

ଯାକୁବ 3:2, 10, 12, 18, 17 (IRV)

# ଆମ୍ଭେମାନେ ସମସ୍ତେ ଅନେକ ବିଷୟରେ ଝୁଣ୍ଟିପଡ଼ୁ... ଊର୍ଦ୍ଧ୍ୱରୁ ଆଗତ ଜ୍ଞାନ ପ୍ରଥମରେ ପବିତ୍ର, ଦ୍ୱିତୀୟରେ ଶାନ୍ତିପ୍ରିୟ, ମୃଦୁଶୀଳ, ବାଧ୍ୟ... ନିଷ୍କପଟ

---

ଯେଣୁ ଆମ୍ଭେମାନେ ସମସ୍ତେ ଅନେକ ବିଷୟରେ ଝୁଣ୍ଟିପଡ଼ୁ। ଯଦି କେହି ବାକ୍ୟରେ ଝୁଣ୍ଟି ନ ପଡ଼େ, ତେବେ ସେ ସିଦ୍ଧ ପୁରୁଷ, ସମସ୍ତ ଶରୀରକୁ ମଧ୍ୟ ବଶରେ ରଖିବାକୁ ସମର୍ଥ। ... ଏକ ମୁଖରୁ ଧନ୍ୟବାଦ ଓ ଅଭିଶାପ ନିର୍ଗତ ହୁଏ। ହେ ମୋହର ଭାଇମାନେ, ଏପରି ହେବା ଉଚିତ୍ ନୁହେଁ। ... ହେ ମୋହର ଭାଇମାନେ, ଡିମ୍ବିରିବୃକ୍ଷ କଅଣ ଜୀତଫଳ, ଅବା ଦ୍ରାକ୍ଷାଲତା କଅଣ ଡିମ୍ବିରି ଫଳ ଫଳି ପାରେ? ଲବଣାକ୍ତ ନିର୍ଝର ମଧ୍ୟ ମିଷ୍ଟ ଜଳ ଦେଇ ପାରେ ନାହିଁ। ... ପୁଣି, ଶାନ୍ତିକାରକ ଲୋକମାନେ ଶାନ୍ତିର ବୀଜ ବୁଣନ୍ତି, ସେମାନେ ଧାର୍ମିକତା ରୂପ ଫଳ କାଟିବେ। ... କିନ୍ତୁ ଊର୍ଦ୍ଧ୍ୱରୁ ଆଗତ ଜ୍ଞାନ ପ୍ରଥମରେ ପବିତ୍ର, ଦ୍ୱିତୀୟରେ ଶାନ୍ତିପ୍ରିୟ, ମୃଦୁଶୀଳ, ବାଧ୍ୟ, ଦୟା ଓ ଉତ୍ତମ ଫଳରେ ପରିପୂର୍ଣ୍ଣ, ସନ୍ଦେହଶୂନ୍ୟ ଓ ନିଷ୍କପଟ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯିହୁଦା 1:3-5, 22-23 (IRV)

# ସମର୍ପିତ ବିଶ୍ୱାସ ସପକ୍ଷରେ ପ୍ରାଣପଣରେ ଯୁଦ୍ଧ କରିବା... ଆମ୍ଭମାନଙ୍କ ଈଶ୍ୱରଙ୍କ ଅନୁଗ୍ରହକୁ ବିପରୀତ ଭାବରେ କାମୁକତାରେ ବ୍ୟବହାର କରନ୍ତି

ହେ ପ୍ରିୟମାନେ, ମୁଁ ଆମ୍ଭମାନଙ୍କର ସାଧାରଣ ପରିତ୍ରାଣ ସମ୍ବନ୍ଧରେ ତୁମ୍ଭମାନଙ୍କ ନିକଟକୁ କିଛି ଲେଖିବାକୁ ବିଶେଷ ଯତ୍ନଶୀଳ ହୋଇ ସାଧୁମାନଙ୍କ ନିକଟରେ ଏକାଥରକେ ସମର୍ପିତ ବିଶ୍ୱାସ ସପକ୍ଷରେ ପ୍ରାଣପଣରେ ଯୁଦ୍ଧ କରିବା ଓ ତୁମ୍ଭମାନଙ୍କୁ ଉତ୍ସାହିତ କରିବା ନିମନ୍ତେ ଲେଖିବା ଆବଶ୍ୟକ ମନେ କଲି। କାରଣ ପ୍ରାଚୀନ ଶାସ୍ତ୍ରମାନଙ୍କରେ ଦଣ୍ଡର ପାତ୍ର ବୋଲି ବର୍ଣ୍ଣିତ ହୋଇଥିବା କେତେକ ଲୋକ ତୁମ୍ଭମାନଙ୍କ ମଧ୍ୟରେ ଗୁପ୍ତରେ ପ୍ରବେଶ କରିଅଛନ୍ତି; ସେମାନେ ଅଧାର୍ମିକ, ଆମ୍ଭମାନଙ୍କ ଈଶ୍ୱରଙ୍କ ଅନୁଗ୍ରହକୁ ବିପରୀତ ଭାବରେ କାମୁକତାରେ ବ୍ୟବହାର କରନ୍ତି, ପୁଣି, ଆମ୍ଭମାନଙ୍କର ଏକମାତ୍ର କର୍ତ୍ତା ଓ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କୁ ଅସ୍ୱୀକାର କରନ୍ତି। ଯଦ୍ୟପି ତୁମ୍ଭେମାନେ ସମସ୍ତ ବିଷୟ ସମ୍ପୂର୍ଣ୍ଣ ରୂପେ ଜାଣିଅଛ, ତଥାପି ମୁଁ ତୁମ୍ଭମାନଙ୍କୁ ସ୍ମରଣ କରାଇବାକୁ ଇଚ୍ଛା କରେ ଯେ, ପ୍ରଭୁ ମିସର ଦେଶରୁ ଲୋକମାନଙ୍କୁ ଉଦ୍ଧାର କଲେ, ଆଉ ଯେଉଁମାନେ ବିଶ୍ୱାସ କଲେ ନାହିଁ, ପରେ ସେମାନଙ୍କୁ ବିନାଶ କଲେ। ... ଯେଉଁମାନେ ସନ୍ଦେହରେ ପଡ଼ିଥାଆନ୍ତି, ଏପରି କେତେକଙ୍କୁ ଦୟା କରି ଅଗ୍ନିରୁ କାଢ଼ିଲା ପରି ରକ୍ଷା କର। ଶାରୀରିକ ପାପକର୍ମରେ କଳଙ୍କିତ ବସ୍ତ୍ରକୁ ମଧ୍ୟ ଘୃଣା କରି ଭୟ ସହକାରେ ଆଉ କେତେକଙ୍କୁ ଦୟା କର।

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ଯାତ୍ରା ପୁସ୍ତକ *24:7, 17; 32:23, 30, 34 (IRV)*

# ପର୍ବତ ଶୃଙ୍ଗରେ ଗ୍ରାସକାରୀ ଅଗ୍ନି ତୁଲ୍ୟ ସଦାପ୍ରଭୁଙ୍କର ପ୍ରତାପ ପ୍ରକାଶିତ ହେଲା

ପୁଣି, ନିୟମ-ପୁସ୍ତକ ନେଇ ଲୋକମାନଙ୍କ କର୍ଣ୍ଣଗୋଚରରେ ପାଠ କଲେ; ତହିଁରେ ସେମାନେ କହିଲେ, "ସଦାପ୍ରଭୁ ଯାହା ଯାହା କହିଅଛନ୍ତି, ତାହାସବୁ ଆମ୍ଭେମାନେ ପାଳନ କରିବା ଓ ଆଜ୍ଞାବହ ହେବା।" … ତହିଁରେ ଇସ୍ରାଏଲ-ସନ୍ତାନଗଣର ଦୃଷ୍ଟିରେ ପର୍ବତ ଶୃଙ୍ଗରେ ଗ୍ରାସକାରୀ ଅଗ୍ନି ତୁଲ୍ୟ ସଦାପ୍ରଭୁଙ୍କର ପ୍ରତାପ ପ୍ରକାଶିତ ହେଲା। … ଏମାନେ ମୋତେ କହିଲେ, 'ଆମ୍ଭମାନଙ୍କର ଅଗ୍ରଗାମୀ ହେବା ପାଇଁ ଆମ୍ଭମାନଙ୍କ ନିମନ୍ତେ ଦେବତା ନିର୍ମାଣ କର; କାରଣ ଯେଉଁ ବ୍ୟକ୍ତି ଆମ୍ଭମାନଙ୍କୁ ମିସର ଦେଶରୁ ବାହାର କରି ଆଣିଲେ, ସେହି ମୋଶାଙ୍କର କଅଣ ହୋଇଅଛି, ତାହା ଆମ୍ଭେମାନେ ଜାଣୁ ନାହୁଁ।' … ତହୁଁ ପରଦିନ ମୋଶା ଲୋକମାନଙ୍କୁ କହିଲେ, "ତୁମ୍ଭେମାନେ ମହାପାପ କରିଅଛ, ଏବେ ମୁଁ ସଦାପ୍ରଭୁଙ୍କ ନିକଟକୁ ଆରୋହଣ କରୁଅଛି; ଯଦି ହୋଇପାରେ, ତେବେ ମୁଁ ତୁମ୍ଭମାନଙ୍କ ପାପର ପ୍ରାୟଶ୍ଚିତ୍ତ କରିବି।" … ଏବେ ଯାଅ, ଆମ୍ଭେ ଯେଉଁ ଦେଶ ବିଷୟରେ ତୁମ୍ଭକୁ କହିଅଛୁ, ସେହି ଦେଶକୁ ଲୋକମାନଙ୍କୁ ନେଇଯାଅ; ଦେଖ, ଆମ୍ଭ ଦୂତ ତୁମ୍ଭ ଆଗେ ଆଗେ ଗମନ କରିବେ; ମାତ୍ର ଆମ୍ଭେ ପ୍ରତିଫଳ ଦେବା ଦିନରେ ସେମାନଙ୍କ ପାପର ପ୍ରତିଫଳ ସେମାନଙ୍କୁ ଦେବା।"



*Indian Revised Version · CC BY-SA 4.0 · Bridge Connectivity Solutions*

ଯିହୋଶୂୟ 2:11; ଏବ୍ରୀ 11:31; ଯାକୁବ 2:23, 25-26 (IRV)

# ସଦାପ୍ରଭୁ ତୁମ୍ଭମାନଙ୍କ ପରମେଶ୍ୱର ଉପରିସ୍ଥ ସ୍ୱର୍ଗରେ ଓ ନୀଚସ୍ଥ ପୃଥିବୀରେ ପରମେଶ୍ୱର ଅଟନ୍ତି... କର୍ମ ବିନା ବିଶ୍ୱାସ ମଧ୍ୟ ମୃତ

---

ଆଉ ତାହା ଶୁଣିବାମାତ୍ରେ ଆମ୍ଭମାନଙ୍କ ହୃଦୟ ତରଳି ଗଲା; ପୁଣି ତୁମ୍ଭମାନଙ୍କ ମୁଖ ସକାଶୁ କୌଣସି ପୁରୁଷର ଆତ୍ମା ଆଉ ଉଠିଲା ନାହିଁ; କାରଣ ସଦାପ୍ରଭୁ ତୁମ୍ଭମାନଙ୍କ ପରମେଶ୍ୱର ଉପରିସ୍ଥ ସ୍ୱର୍ଗରେ ଓ ନୀଚସ୍ଥ ପୃଥିବୀରେ ପରମେଶ୍ୱର ଅଟନ୍ତି। ... ବିଶ୍ୱାସ ଦ୍ୱାରା ରାହାବ ବେଶ୍ୟା ଗୁପ୍ତଚରମାନଙ୍କୁ ଆଶ୍ରୟ ଦେବାରୁ ଅନାଜ୍ଞାବହମାନଙ୍କ ସହିତ ବିନଷ୍ଟ ହେଲେ ନାହିଁ। ... ସେଥିରେ ଶାସ୍ତ୍ରର ଏହି ବାକ୍ୟ ସଫଳ ହେଲା, ଅବ୍ରହାମ ଈଶ୍ୱରଙ୍କଠାରେ ବିଶ୍ୱାସ କଲେ, ଆଉ ତାହାଙ୍କ ପକ୍ଷରେ ତାହା ଧାର୍ମିକତା ବୋଲି ଗଣିତ ହେଲା, ପୁଣି, ସେ ଈଶ୍ୱରଙ୍କ ମିତ୍ର ବୋଲି ଖ୍ୟାତ ହେଲେ। ... ସେହି ପ୍ରକାରେ ମଧ୍ୟ ରାହାବ ବେଶ୍ୟା ଗୁପ୍ତଚରମାନଙ୍କୁ ଆତିଥ୍ୟ କରି ଅନ୍ୟ ବାଟ ଦେଇ ସେମାନଙ୍କୁ ବିଦାୟ କରିବାରୁ କଅଣ କର୍ମ ଦ୍ୱାରା ଧାର୍ମିକ ଗଣିତ ହେଲେ ନାହିଁ? କାରଣ ଆତ୍ମା ବିନା ଶରୀର ଯେପରି ମୃତ, ସେହିପରି କର୍ମ ବିନା ବିଶ୍ୱାସ ମଧ୍ୟ ମୃତ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ରୂତ *1:16-17; 4:14-15 (IRV)*

# ଧନ୍ୟ ସଦାପ୍ରଭୁ, ସେ ଆଜି ତୁମ୍ଭକୁ ମୁକ୍ତିକର୍ତ୍ତା ଜ୍ଞାତିହୀନ କରି ନାହାନ୍ତି

ରୂତ କହିଲା, "ତୁମ୍ଭକୁ ତ୍ୟାଗ କରି ତୁମ୍ଭର ପଶ୍ଚାଦ୍‍ଗମନ କରି ଫେରି ଯିବାକୁ ମୋତେ ବିନୟ ନ କର, ଯେହେତୁ ତୁମ୍ଭେ ଯେଉଁଠାକୁ ଯିବ, ମୁଁ ମଧ୍ୟ ସେହିଠାକୁ ଯିବି; ତୁମ୍ଭେ ଯେଉଁଠାରେ ରହିବ, ମୁଁ ମଧ୍ୟ ସେହିଠାରେ ରହିବି; ତୁମ୍ଭର ଲୋକ ହିଁ ମୋହର ଲୋକ ଓ ତୁମ୍ଭର ପରମେଶ୍ୱର ହିଁ ମୋହର ପରମେଶ୍ୱର ହେବେ। ତୁମ୍ଭେ ଯେଉଁଠାରେ ମରିବ, ମୁଁ ମଧ୍ୟ ସେହିଠାରେ ମରିବି ଓ ସେହିଠାରେ ମୋହର କବର ହେବ; କେବଳ ମୃତ୍ୟୁ ଛଡ଼ା ଆଉ କିଛି ହିଁ ଯେବେ ତୁମ୍ଭକୁ ଓ ମୋତେ ବିଚ୍ଛେଦ କରଇ, ତେବେ ସଦାପ୍ରଭୁ ସେହି ଦଣ୍ଡ, ମଧ୍ୟ ତହିଁରୁ ଅଧିକ ମୋତେ ଦେଉନ୍ତୁ।" ... ଏଣୁ ସ୍ତ୍ରୀମାନେ ନୟମୀକି କହିଲେ, "ଧନ୍ୟ ସଦାପ୍ରଭୁ, ସେ ଆଜି ତୁମ୍ଭକୁ ମୁକ୍ତିକର୍ତ୍ତା ଜ୍ଞାତିହୀନ କରି ନାହାନ୍ତି; ଇସ୍ରାଏଲ ବଂଶରେ ଏହି ବାଳକର ନାମ ବିଖ୍ୟାତ ହେଉ। ପୁଣି ସେ ତୁମ୍ଭର ପ୍ରାଣ ସଜୀବକାରୀ ଓ ତୁମ୍ଭ ବୃଦ୍ଧାବସ୍ଥାରେ ତୁମ୍ଭର ପ୍ରତିପାଳକ ହେବ; ଯେହେତୁ ଯେ ତୁମ୍ଭକୁ ପ୍ରେମ କରେ ଓ ସାତ ପୁତ୍ରଠାରୁ ତୁମ୍ଭ ପ୍ରତି ଅଧିକ ଉତ୍ତମ ଯେ ତୁମ୍ଭର ପୁତ୍ରବଧୂ, ସେ ତାହାକୁ ପ୍ରସବ କରିଅଛି।"

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ନିହିମୀୟା 6:1-3, 8-9 (IRV)

# ଆମ୍ଭମାନଙ୍କୁ ଭୀତ କରିବାକୁ ଇଚ୍ଛା କଲେ... ହେ ପରମେଶ୍ୱର, ମୋହର ହସ୍ତ ସବଳ କର

ଏଥିଉତ୍ତାରେ ମୁଁ ପ୍ରାଚୀର ଗଢ଼ିଅଛି ଓ ତହିଁ ମଧ୍ୟରେ ଆଉ ଭଗ୍ନ ସ୍ଥାନ ନାହିଁ, ଏହି ସମ୍ବାଦ ସନ୍‌ବଲ୍ଲଟ୍ ଓ ଟୋବୀୟ ଓ ଆରବୀୟ ଗେଶମ୍ ଓ ଆମ୍ଭମାନଙ୍କ ଅନ୍ୟାନ୍ୟ ଶତ୍ରୁମାନେ ଜାଣିଲେ; ଏହି ସମୟରେ ମୁଁ ନଗର-ଦ୍ୱାରସବୁରେ କବାଟ ଝୁଲାଇ ନ ଥିଲି। ସେତେବେଳେ ସନ୍‌ବଲ୍ଲଟ୍ ଓ ଗେଶମ୍ ମୋ’ ନିକଟକୁ ଲୋକ ପଠାଇ କହିଲେ, “ଆସ, ଆମ୍ଭେମାନେ ଓନୋ ପଦାସ୍ଥିତ କୌଣସି ଏକ ଗ୍ରାମରେ ଏକତ୍ରିତ ହେଉ।” ମାତ୍ର ସେମାନେ ମୋହର ଅନିଷ୍ଟ କରିବାକୁ ବିଚାର କରିଥିଲେ। ଏଥିରେ ମୁଁ ସେମାନଙ୍କ ନିକଟକୁ ଦୂତଗଣ ପଠାଇ କହିଲି, “ମୁଁ ଏକ ମହତ୍ କର୍ମ କରୁଅଛି, ଏଥିପାଇଁ ଓହ୍ଲାଇ ଆସି ନ ପାରେ; ତୁମ୍ଭମାନଙ୍କ ନିକଟକୁ ଓହ୍ଲାଇ ଯାଇ କାହିଁକି କାର୍ଯ୍ୟ ବନ୍ଦ କରିବି?” ... ତହୁଁ ମୁଁ ତାହା ନିକଟକୁ କହି ପଠାଇଲି, “ତୁମ୍ଭେ ଯାହା କହୁଅଛ, ସେପରି କୌଣସି କାର୍ଯ୍ୟ କରାଯାଉ ନାହିଁ; ତୁମ୍ଭେ କେବଳ ଆପଣା ମନରୁ ତାହାସବୁ କଳ୍ପନା କରୁଅଛ। ଏହି କର୍ମରେ ସେମାନଙ୍କର ହସ୍ତ ଦୁର୍ବଳ ହେଲେ ତାହା ସମାପ୍ତ ନୋହିବ ବୋଲି” ସେସମସ୍ତେ ଆମ୍ଭମାନଙ୍କୁ ଭୀତ କରିବାକୁ ଇଚ୍ଛା କଲେ; ଏଣୁ ହେ ପରମେଶ୍ୱର, ମୋହର ହସ୍ତ ସବଳ କର।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା *2:1-5, 8-12 (IRV)*

# ଭୟରେ ସଦାପ୍ରଭୁଙ୍କର ସେବା କର... ଯେଉଁମାନେ ତାହାଙ୍କର ଶରଣ ନିଅନ୍ତି, ସେସମସ୍ତେ ଧନ୍ୟ

ଗୋଷ୍ଠୀୟମାନେ କାହିଁକି କଳହ କରନ୍ତି; ଜନବୃନ୍ଦ କାହିଁକି ବୃଥାରେ ଷଡ଼ଯନ୍ତ୍ର କରନ୍ତି? ସଦାପ୍ରଭୁଙ୍କ ବିରୁଦ୍ଧରେ ଓ ତାହାଙ୍କ ଅଭିଷିକ୍ତ ବ୍ୟକ୍ତିଙ୍କ ବିରୁଦ୍ଧରେ ଭୂପତିଗଣ ଠିଆ ହୁଅନ୍ତି ଓ ଶାସନକର୍ତ୍ତୃଗଣ ଏକତ୍ର ମନ୍ତ୍ରଣା କରନ୍ତି, "ଆସ, ଆମ୍ଭେମାନେ ସେମାନଙ୍କ ବନ୍ଧନ ଛିଣ୍ଡାଇ ପକାଉ ଓ ଆମ୍ଭମାନଙ୍କ ନିକଟରୁ ସେମାନଙ୍କ ରଜ୍ଜୁ ଦୂର କରିଦେଉ।" ଯେ ସ୍ୱର୍ଗରେ ଉପବିଷ୍ଟ, ସେ ହସିବେ; ପ୍ରଭୁ ସେମାନଙ୍କୁ ପରିହାସ କରିବେ। ତହୁଁ ସେ ଆପଣା କୋପରେ ସେମାନଙ୍କୁ କଥା କହିବେ ଓ ଆପଣା ମହାକୋପରେ ସେମାନଙ୍କୁ ବ୍ୟାକୁଳ କରିବେ; ... ଆମ୍ଭ ନିକଟରେ ମାଗ, ତେବେ ଆମ୍ଭେ ତୁମ୍ଭର ଉତ୍ତରାଧିକାର ନିମନ୍ତେ ଗୋଷ୍ଠୀୟମାନଙ୍କୁ ଓ ତୁମ୍ଭର ଅଧିକାର ନିମନ୍ତେ ପୃଥିବୀର ପ୍ରାନ୍ତଭାଗସବୁ ତୁମ୍ଭକୁ ଦେବା। ତୁମ୍ଭେ ଲୌହ ଦଣ୍ଡରେ ସେମାନଙ୍କୁ ଭାଙ୍ଗିବ; ତୁମ୍ଭେ କୁମ୍ଭକାରର ପାତ୍ର ପରି ସେମାନଙ୍କୁ ଚୂର୍ଣ୍ଣ କରିବ।" ଏହି କାରଣରୁ, ହେ ରାଜାଗଣ, ତୁମ୍ଭେମାନେ ଏବେ ଜ୍ଞାନବାନ ହୁଅ, ହେ ପୃଥିବୀର ବିଚାରକର୍ତ୍ତୃଗଣ, ତୁମ୍ଭେମାନେ ଶିକ୍ଷା ଗ୍ରହଣ କର। ଭୟରେ ସଦାପ୍ରଭୁଙ୍କର ସେବା କର ଓ କମ୍ପିତ ହୋଇ ଉଲ୍ଲାସ କର। ପୁତ୍ରଙ୍କୁ ଚୁମ୍ବନ କର, ନୋହିଲେ ସେ କ୍ରୁଦ୍ଧ ହେବେ ଓ ତୁମ୍ଭେମାନେ ପଥରେ ବିନଷ୍ଟ ହେବ, କାରଣ ଶୀଘ୍ର ତାହାଙ୍କର କ୍ରୋଧ ପ୍ରଜ୍ୱଳିତ ହେବ। ଯେଉଁମାନେ ତାହାଙ୍କର ଶରଣ ନିଅନ୍ତି, ସେସମସ୍ତେ ଧନ୍ୟ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା *19:1, 7-8, 12-14 (IRV)*

# ଆକାଶମଣ୍ଡଳ ପରମେଶ୍ୱରଙ୍କ ଗୌରବ ବର୍ଣ୍ଣନା କରେ... ତୁମ୍ଭେ ଗୁପ୍ତଦୋଷରୁ ମୋତେ ପରିଷ୍କାର କର... ଦୁଃସାହସଜନିତ ସବୁ ପାପରୁ ହିଁ ଆପଣା ଦାସକୁ ଅଟକାଇ ରଖ

ଆକାଶମଣ୍ଡଳ ପରମେଶ୍ୱରଙ୍କ ଗୌରବ ବର୍ଣ୍ଣନା କରେ;
ଶୂନ୍ୟମଣ୍ଡଳ ତାହାଙ୍କ ହସ୍ତକୃତ କର୍ମ ପ୍ରକାଶ କରେ। ...
ସଦାପ୍ରଭୁଙ୍କ ବ୍ୟବସ୍ଥା ସିଦ୍ଧ, ପ୍ରାଣର ସ୍ୱାସ୍ଥ୍ୟଜନକ;
ସଦାପ୍ରଭୁଙ୍କ ପ୍ରମାଣ-ବାକ୍ୟ ଅଟଳ, ଅଳ୍ପ ବୁଦ୍ଧିର ଜ୍ଞାନଦାୟକ
ସଦାପ୍ରଭୁଙ୍କର ବିଧିସବୁ ଯଥାର୍ଥ, ଚିତ୍ତର ଆନନ୍ଦଜନକ;
ସଦାପ୍ରଭୁଙ୍କର ଆଜ୍ଞା ନିର୍ମଳ, ଚକ୍ଷୁର ଦୀପ୍ତିଦାୟକ। ... ଆପଣା
ଭ୍ରାନ୍ତିସବୁ କିଏ ବୁଝିପାରେ? ତୁମ୍ଭେ ଗୁପ୍ତଦୋଷରୁ ମୋତେ
ପରିଷ୍କାର କର। ଦୁଃସାହସଜନିତ ସବୁ ପାପରୁ ହିଁ ଆପଣା
ଦାସକୁ ଅଟକାଇ ରଖ; ତାହାସବୁ ମୋ’ ଉପରେ କର୍ତ୍ତୃତ୍ୱ ନ
କରୁ; ତହିଁରେ ମୁଁ ସିଦ୍ଧ ହେବି, ପୁଣି, ମହାପରାଧରୁ ପରିଷ୍କୃତ
ହେବି। ହେ ସଦାପ୍ରଭୋ, ମୋହର ଶୈଳ ଓ ମୋହର
ମୁକ୍ତିକର୍ତ୍ତା, ତୁମ୍ଭ ଦୃଷ୍ଟିରେ ମୋ’ ମୁଖର ବାକ୍ୟ ଓ ମୋ’
ଅନ୍ତଃକରଣର ଧ୍ୟାନ ସୁଗ୍ରାହ୍ୟ ହେଉ।



*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା 27:1, 4-6, 8-10, 14 (IRV)

# ସଦାପ୍ରଭୁ ମୋହର ଦୀପ୍ତି ଓ ମୋହର ପରିତ୍ରାଣ; ମୁଁ କାହାକୁ ଭୟ କରିବି?... ବଳବାନ ହୁଅ ଓ ତୁମ୍ଭର ଅନ୍ତଃକରଣ ସାହସିକ ହେଉ

ସଦାପ୍ରଭୁ ମୋହର ଦୀପ୍ତି ଓ ମୋହର ପରିତ୍ରାଣ; ମୁଁ କାହାକୁ ଭୟ କରିବି?
ସଦାପ୍ରଭୁ ମୋ' ଜୀବନର ବଳ; ମୁଁ କାହାଠାରୁ ଭୀତ ହେବି? ... ମୁଁ
ସଦାପ୍ରଭୁଙ୍କ ସୌନ୍ଦର୍ଯ୍ୟ ଦେଖିବା ପାଇଁ ଓ ତାହାଙ୍କ ମନ୍ଦିରରେ ଅନୁସନ୍ଧାନ
କରିବା ପାଇଁ ଯେପରି ଯାବଜ୍ଜୀବନ ସଦାପ୍ରଭୁଙ୍କ ଗୃହରେ ବାସ କରିବି,
ଏହି ଏକ ବିଷୟ ମୁଁ ସଦାପ୍ରଭୁଙ୍କ ନିକଟରେ ମାଗିଅଛି, ତାହା ହିଁ ମୁଁ
ଅନ୍ୱେଷଣ କରିବି। କାରଣ ବିପଦ ଦିନରେ ସେ ଆପଣା ଆବାସରେ
ମୋତେ ଗୋପନ କରି ରଖିବେ; ସେ ଆପଣା ତମ୍ବୁର ଅନ୍ତରାଳରେ
ମୋତେ ଲୁଚାଇବେ; ସେ ମୋତେ ଶୈଳ ଉପରକୁ ଉଠାଇବେ। ଏଣୁ
ଏବେ ମୋ' ଚତୁର୍ଦ୍ଦିଗସ୍ଥିତ ଶତ୍ରୁଗଣ ଉପରେ ମୋହର ମସ୍ତକ ଉନ୍ନତ
ହେବ; ଆଉ, ମୁଁ ତାହାଙ୍କ ତମ୍ବୁରେ ଜୟଧ୍ୱନିର ବଳି ଉତ୍ସର୍ଗ କରିବି; ମୁଁ
ଗାନ କରିବି, ମୁଁ ସଦାପ୍ରଭୁଙ୍କ ଉଦ୍ଦେଶ୍ୟରେ ପ୍ରଶଂସା ଗାନ କରିବି। ...
ଯେତେବେଳେ ତୁମ୍ଭେ କହିଲ, "ତୁମ୍ଭେମାନେ ମୋହର ମୁଖ ଅନ୍ୱେଷଣ
କର," ମୋ' ଅନ୍ତଃକରଣ ତୁମ୍ଭଙ୍କୁ କହିଲା, "ସଦାପ୍ରଭୋ, ମୁଁ ତୁମ୍ଭର ମୁଖ
ଅନ୍ୱେଷଣ କରିବି।" ମୋ' ଠାରୁ ଆପଣା ମୁଖ ଲୁଚାଅ ନାହିଁ; କ୍ରୋଧରେ
ଆପଣା ଦାସକୁ ଦୂର କର ନାହିଁ; ତୁମ୍ଭେ ମୋହର ସହାୟ ହୋଇଅଛ; ହେ
ମୋ' ପରିତ୍ରାଣର ପରମେଶ୍ୱର, ମୋତେ ଦୂର କର ନାହିଁ, କିଅବା
ପରିତ୍ୟାଗ କର ନାହିଁ। କାରଣ ମୋହର ପିତା ଓ ମୋହର ମାତା ମୋତେ
ପରିତ୍ୟାଗ କରିଅଛନ୍ତି, ମାତ୍ର ସଦାପ୍ରଭୁ ମୋତେ ଉଠାଇ ନେବେ। ...
ସଦାପ୍ରଭୁଙ୍କର ସାହାଯ୍ୟ ନିମନ୍ତେ ଅପେକ୍ଷା କର; ବଳବାନ ହୁଅ ଓ ତୁମ୍ଭର
ଅନ୍ତଃକରଣ ସାହସିକ ହେଉ; ହଁ, ତୁମ୍ଭେ ସଦାପ୍ରଭୁଙ୍କର ଅନୁସରଣ କର।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା *29:2-3, 7-11 (IRV)*

# ଗୌରବମୟ ପରମେଶ୍ୱର ବଜ୍ରନାଦ କରନ୍ତି... ସଦାପ୍ରଭୁ ଆପଣା ଲୋକମାନଙ୍କୁ ବଳ ଦେବେ; ସଦାପ୍ରଭୁ ଆପଣା ଲୋକମାନଙ୍କୁ ଶାନ୍ତି ଦେଇ ଆଶୀର୍ବାଦ କରିବେ

---

ସଦାପ୍ରଭୁଙ୍କ ନାମର ଗୌରବ କୀର୍ତ୍ତନ କର; ପବିତ୍ରତାର ସୌନ୍ଦର୍ଯ୍ୟରେ ସଦାପ୍ରଭୁଙ୍କୁ ପ୍ରଣାମ କର। ଜଳରାଶି ଉପରେ ସଦାପ୍ରଭୁଙ୍କର ରବ ଅଛି; ଗୌରବମୟ ପରମେଶ୍ୱର ବଜ୍ରନାଦ କରନ୍ତି, ସଦାପ୍ରଭୁ ଅପାର ଜଳରାଶି ଉପରେ ବିଦ୍ୟମାନ। ... ସଦାପ୍ରଭୁଙ୍କ ରବ ଅଗ୍ନିଶିଖା ବିଭକ୍ତ କରେ। ସଦାପ୍ରଭୁଙ୍କ ରବ ପ୍ରାନ୍ତରକୁ କମ୍ପିତ କରେ; ସଦାପ୍ରଭୁ କାଦେଶର ପ୍ରାନ୍ତରକୁ କମ୍ପିତ କରନ୍ତି। ସଦାପ୍ରଭୁଙ୍କ ରବ ହରିଣୀମାନଙ୍କୁ ପ୍ରସବ କରାଏ ଓ ବନସମୂହକୁ ବିବସ୍ତ୍ର କରେ; ପୁଣି, ତାହାଙ୍କ ମନ୍ଦିରରେ ସମସ୍ତ ବିଷୟ "ଗୌରବ, ଗୌରବ" ବୋଲି କହନ୍ତି। ସଦାପ୍ରଭୁ ଜଳପ୍ଲାବନରେ ରାଜା ତୁଲ୍ୟ ଉପବିଷ୍ଟ ହେଲେ; ହଁ, ସଦାପ୍ରଭୁ ଅନନ୍ତକାଳ ରାଜା ତୁଲ୍ୟ ଉପବିଷ୍ଟ ଅଟନ୍ତି। ସଦାପ୍ରଭୁ ଆପଣା ଲୋକମାନଙ୍କୁ ବଳ ଦେବେ; ସଦାପ୍ରଭୁ ଆପଣା ଲୋକମାନଙ୍କୁ ଶାନ୍ତି ଦେଇ ଆଶୀର୍ବାଦ କରିବେ।



*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ମାର୍କ 9:23-26, 29; 1:27 (IRV)

# ମୁଁ ବିଶ୍ୱାସ କରୁଅଛି, ମୋହର ଅବିଶ୍ୱାସର ପ୍ରତିକାର କରନ୍ତୁ... ପ୍ରାର୍ଥନା... ବିନା ଆଉ କାହିଁରେ ଏପ୍ରକାର ଭୂତ ଛଡ଼ାଯାଇ ପାରେ ନାହିଁ



ସେଥିରେ ଯୀଶୁ ତାହାକୁ କହିଲେ, କଅଣ କହିଲ? ଯଦି କରିପାରନ୍ତି! ଯିଏ ବିଶ୍ୱାସ କରେ, ତା' ପକ୍ଷରେ ସମସ୍ତ ସମ୍ଭବ। ସେହିକ୍ଷଣି ପିଲାଟିର ପିତା ଉଚ୍ଚସ୍ୱରରେ କହିଲା, ମୁଁ ବିଶ୍ୱାସ କରୁଅଛି, ମୋହର ଅବିଶ୍ୱାସର ପ୍ରତିକାର କରନ୍ତୁ। ପରେ ଲୋକସମୂହ ଏକତ୍ର ଦୌଡ଼ି ଆସୁଥିବା ଦେଖି ଯୀଶୁ ସେହି ଅଶୁଚି ଆତ୍ମାକୁ ଧମକ ଦେଇ କହିଲେ, ରେ ମୂକ ଓ ବଧିର ଆତ୍ମା, ମୁଁ ତୋତେ ଆଜ୍ଞା ଦେଉଅଛି, ଏହାଠାରୁ ବାହାରିଯା, ପୁଣି, ଆଉ କେବେ ହେଁ ଏହାଠାରେ ପଶିବୁ ନାହିଁ। ସେଥିରେ ସେ ଚିତ୍କାର କରି ତାହାକୁ ଅତ୍ୟନ୍ତ ମୋଡ଼ିପକାଇ ବାହାରିଗଲା। ... ସେ ସେମାନଙ୍କୁ କହିଲେ, ପ୍ରାର୍ଥନା (ଏବଂ ଉପବାସ) ବିନା ଆଉ କାହିଁରେ ଏପ୍ରକାର ଭୂତ ଛଡ଼ାଯାଇ ପାରେ ନାହିଁ। ... ଏଥିରେ ସମସ୍ତେ ଏତେ ବିସ୍ମୟାନ୍ୱିତ ହେଲେ ଯେ, ସେମାନେ ବାଦାନୁବାଦ କରି କହିବାକୁ ଲାଗିଲେ, ଏ କଅଣ? ଏ ତ ଅଧିକାରଯୁକ୍ତ ନୂତନ ଶିକ୍ଷା! ସେ ଅଶୁଚି ଆତ୍ମାମାନଙ୍କୁ ସୁଦ୍ଧା ଆଦେଶ ଦିଅନ୍ତି, ଆଉ ସେମାନେ ତାହାଙ୍କ ଆଜ୍ଞା ମାନନ୍ତି।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା 22:1, 16-18, 26, 29, 31 (IRV)

# ସଦାପ୍ରଭୁଙ୍କ ଅନ୍ୱେଷଣକାରୀଗଣ ତାହାଙ୍କୁ ପ୍ରଶଂସା କରିବେ; ତୁମ୍ଭମାନଙ୍କ ଅନ୍ତଃକରଣ ନିତ୍ୟଜୀବୀ ହେଉ

---

ହେ ମୋହର ପରମେଶ୍ୱର, ହେ ମୋହର ପରମେଶ୍ୱର, ତୁମ୍ଭେ କାହିଁକି ମୋତେ ପରିତ୍ୟାଗ କରିଅଛ? ମୋତେ ସାହାଯ୍ୟ କରିବାରୁ ଓ ମୋʼ ଆର୍ତ୍ତନାଦର ଉକ୍ତିରୁ ତୁମ୍ଭେ କାହିଁକି ଏତେ ଦୂରରେ ରହୁଅଛ? … କାରଣ କୁକ୍କୁରମାନେ ମୋତେ ବେଷ୍ଟନ କରିଅଛନ୍ତି; ଦୁରାଚାରୀମାନଙ୍କ ମଣ୍ଡଳୀ ମୋତେ ବେଢ଼ିଅଛନ୍ତି; ସେମାନେ ମୋହର ହସ୍ତ ପାଦ ବିନ୍ଧ କରିଅଛନ୍ତି। ମୁଁ ଆପଣା ଅସ୍ଥିସବୁ ଗଣିପାରେ; ସେମାନେ ମୋତେ ଅନାଇ ଚାହିଁ ରହିଥାʼନ୍ତି। ସେମାନେ ଆପଣାମାନଙ୍କ ମଧ୍ୟରେ ମୋହର ବସ୍ତ୍ର ବିଭାଗ କରନ୍ତି ଓ ସେମାନେ ମୋʼ ଉତ୍ତରୀୟ ବସ୍ତ୍ର ପାଇଁ ଗୁଲିବାଣ୍ଟ କରନ୍ତି। … ନମ୍ର ଲୋକମାନେ ଭୋଜନ କରି ପରିତୃପ୍ତ ହେବେ; <u>ସଦାପ୍ରଭୁଙ୍କ ଅନ୍ୱେଷଣକାରୀଗଣ ତାହାଙ୍କୁ ପ୍ରଶଂସା କରିବେ; ତୁମ୍ଭମାନଙ୍କ ଅନ୍ତଃକରଣ ନିତ୍ୟଜୀବୀ ହେଉ।</u> … ପୃଥିବୀସ୍ଥ ହୃଷ୍ଟପୁଷ୍ଟ ଲୋକ ସମସ୍ତେ ଭୋଜନ କରି ପ୍ରଣାମ କରିବେ; ଧୂଳିରେ ଲୀନ ହେବାକୁ ଉଦ୍ୟତ ସମସ୍ତେ, ଅର୍ଥାତ୍, ଆପଣା ପ୍ରାଣ ବଞ୍ଚାଇବାକୁ ଅସମର୍ଥ ଲୋକ ତାହାଙ୍କ ଛାମୁରେ ମୁହଁ ମାଡ଼ି ପଡ଼ିବେ। … ସେମାନେ ଆସି ଭବିଷ୍ୟତରେ ଜାତ ହେବା ଲୋକଙ୍କ ନିକଟରେ ତାହାଙ୍କ ଧାର୍ମିକତା ପ୍ରଚାର କରି କହିବେ, ସେ ଏହା ସାଧନ କରିଅଛନ୍ତି।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ପରମ ଗୀତ 8:6-7; 2:15-16 (IRV)

# ତୁମ୍ଭେ ମୋତେ ମୋହର ତୁଲ୍ୟ ଆପଣା ହୃଦୟରେ... ପ୍ରେମ ମୃତ୍ୟୁ ପରି ବଳବାନ; ଅନ୍ତର୍ଜ୍ୱାଳା ପାତାଳ ପରି ଦୃଢ଼



ତୁମ୍ଭେ ମୋତେ ମୋହର ତୁଲ୍ୟ ଆପଣା ହୃଦୟରେ, ମୋହର ତୁଲ୍ୟ ଆପଣା ବାହୁରେ ଧାରଣ କର; କାରଣ ପ୍ରେମ ମୃତ୍ୟୁ ପରି ବଳବାନ; ଅନ୍ତର୍ଜ୍ୱାଳା ପାତାଳ ପରି ଦୃଢ଼; ତହିଁର ଶିଖା ଅଗ୍ନିଶିଖା, ଅତି ଭୟଙ୍କର ଅଗ୍ନିଶିଖା। ଅପାର ଜଳରାଶି ପ୍ରେମକୁ ନିର୍ବାଣ କରି ନ ପାରେ, କିଅବା ବଢ଼ି ତାହା ବୁଡ଼ାଇ ନ ପାରେ; ଯଦି କେହି ପ୍ରେମ ନିମନ୍ତେ ଆପଣା ଗୃହର ସର୍ବସ୍ୱ ଦେବ, ତେବେ ସେ ଲୋକ ନିତାନ୍ତ ତୁଚ୍ଛୀକୃତ ହେବ। ... ଆମ୍ଭମାନଙ୍କ ପାଇଁ ଦ୍ରାକ୍ଷାକ୍ଷେତ୍ରନାଶକ ଶୃଗାଳମାନଙ୍କୁ, କ୍ଷୁଦ୍ର ଶୃଗାଳମାନଙ୍କୁ ଧର; କାରଣ ଆମ୍ଭମାନଙ୍କ ଦ୍ରାକ୍ଷାକ୍ଷେତ୍ର ପୁଷ୍ପିତ ହୋଇଅଛି।” ମୋ’ ପ୍ରିୟତମ ମୋହର ଓ ମୁଁ ତାଙ୍କର ଅଟେ; ସେ କଇଁଫୁଲବନ ମଧ୍ୟରେ ଆପଣା ପଲ ଚରାଉଅଛନ୍ତି।

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ବିଳାପ 3:22-23, 25-26, 28-29, 32 (IRV)

# ଯେଉଁମାନେ ସଦାପ୍ରଭୁଙ୍କ ପାଇଁ ଅପେକ୍ଷା କରନ୍ତି, ଯେଉଁ ପ୍ରାଣ ତାହାଙ୍କର ଅନ୍ୱେଷଣ କରେ, ତାହା ପ୍ରତି ସେ ମଙ୍ଗଳମୟ ଅଟନ୍ତି

ସଦାପ୍ରଭୁଙ୍କର ବିବିଧ ଦୟା ସକାଶୁ ଆମ୍ଭେମାନେ ବିନଷ୍ଟ ହୋଇ ନାହୁଁ, କାରଣ ତାହାଙ୍କର କରୁଣା ଶେଷ ହୁଏ ନାହିଁ। ସେହି ସବୁ ପ୍ରତି ପ୍ରଭାତରେ ନୂତନ ହୋଇଥାଏ; ଓ ତୁମ୍ଭର ବିଶ୍ୱସ୍ତତା ମହତ୍ ଅଟେ। … ଯେଉଁମାନେ ସଦାପ୍ରଭୁଙ୍କ ପାଇଁ ଅପେକ୍ଷା କରନ୍ତି, ଯେଉଁ ପ୍ରାଣ ତାହାଙ୍କର ଅନ୍ୱେଷଣ କରେ, ତାହା ପ୍ରତି ସେ ମଙ୍ଗଳମୟ ଅଟନ୍ତି। ସଦାପ୍ରଭୁଙ୍କ ପରିତ୍ରାଣର ପ୍ରତ୍ୟାଶା କରି ସୁସ୍ଥିର ଭାବରେ ଅପେକ୍ଷା କରିବାର ମନୁଷ୍ୟର ମଙ୍ଗଳ। … ସେ ଏକାକୀ ବସି ନୀରବ ହୋଇ ରହୁ, କାରଣ ସେ ତାହାର ସ୍କନ୍ଧରେ ଯୁଆଳି ରଖିଅଛନ୍ତି। ସେ ଧୂଳିରେ ଆପଣା ମୁଖ ରଖୁ; ତାହାହେଲେ ଅବା ଭରସା ଥାଇପାରେ। … କାରଣ ଯଦ୍ୟପି ସେ ଦୁଃଖ ଘଟାନ୍ତି, ତଥାପି ଆପଣାର ଅପାର ଦୟାନୁସାରେ ସେ କରୁଣା କରିବେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ହୋଶେୟ 2:2, 13, 8, 14, 19-20; 6:6 (IRV)

# ସେ ଆପଣା ଦୃଷ୍ଟିରୁ ଆପଣା ବେଶ୍ୟାଚାର ଓ ଆପଣା ସ୍ତନଦ୍ୱୟର ମଧ୍ୟରୁ ବ୍ୟଭିଚାର ଦୂର କରୁ

"ତୁମ୍ଭେମାନେ ଆପଣା ମାତା ସହିତ ବାଦାନୁବାଦ କର; କାରଣ ସେ ଆମ୍ଭର ଭାର୍ଯ୍ୟା ନୁହେଁ, କିଅବା ଆମ୍ଭେ ତାହାର ସ୍ୱାମୀ ନୋହୁଁ; ସେ ଆପଣା ଦୃଷ୍ଟିରୁ ଆପଣା ବେଶ୍ୟାଚାର ଓ ଆପଣା ସ୍ତନଦ୍ୱୟର ମଧ୍ୟରୁ ବ୍ୟଭିଚାର ଦୂର କରୁ; ... ପୁଣି, ଯେଉଁମାନଙ୍କ ଉଦ୍ଦେଶ୍ୟରେ ସେ ଧୂପ ଜ୍ୱଳାଇଲା, ସେହି ବାଲ୍ ଦେବଗଣର (ପ୍ରତିଷ୍ଠିତ) ଦିନସମୂହର ପ୍ରତିଫଳ ଆମ୍ଭେ ତାହାକୁ ଭୋଗ କରାଇବା; ସେହି ସମୟରେ ସେ କର୍ଣ୍ଣକୁଣ୍ଡଳ ଓ ଅଳଙ୍କାର ଇତ୍ୟାଦିରେ ଆପଣାକୁ ଭୂଷିତା କରି ଆପଣା ପ୍ରେମିକଗଣର ପଛେ ପଛେ ଗଲା ଓ ଆମ୍ଭକୁ ଭୁଲିଲା, ଏହା ସଦାପ୍ରଭୁ କହନ୍ତି। ... ଯେହେତୁ ଆମ୍ଭେ ଯେ ତାହାକୁ ଶସ୍ୟ, ଦ୍ରାକ୍ଷାରସ ଓ ତୈଳ ଦେଲୁ ଓ ତାହାର ରୂପା ଓ ସୁନା ବୃଦ୍ଧି କଲୁ, ଏହା ସେ ଜାଣିଲା ନାହିଁ, ସେମାନେ ସେହି ରୂପା, ସୁନା ବାଲ୍‍ଦେବ ଉଦ୍ଦେଶ୍ୟରେ ବ୍ୟୟ କଲେ। ... ଏଥିନିମନ୍ତେ ଦେଖ, ଆମ୍ଭେ ତାହାର ମନକୁ ଆକର୍ଷଣ କରି ତାହାକୁ ପ୍ରାନ୍ତରକୁ ଆଣିବା ଓ ତାହାକୁ ଚିତ୍ତ ପ୍ରବୋଧକ କଥା କହିବା। ... ପୁଣି, ଆମ୍ଭେ ଚିରକାଳ ନିମନ୍ତେ ଆମ୍ଭ ପାଇଁ ତୁମ୍ଭକୁ ବାଗ୍‍ଦାନ କରିବା; ହଁ, ଆମ୍ଭେ ତୁମ୍ଭକୁ ଧର୍ମରେ, ନ୍ୟାୟ-ବିଚାରରେ, ସ୍ନେହପୂର୍ଣ୍ଣ କରୁଣାରେ ଓ ଦୟାରେ ଆମ୍ଭ ପାଇଁ ବାଗ୍‍ଦାନ କରିବା। ଆମ୍ଭେ ତୁମ୍ଭକୁ ବିଶ୍ୱସ୍ତତାରେ ଆମ୍ଭ ପାଇଁ ବାଗ୍‍ଦାନ କରିବା; ତହିଁରେ ତୁମ୍ଭେ ସଦାପ୍ରଭୁଙ୍କୁ ଜ୍ଞାତ ହେବ। ... କାରଣ ବଳିଦାନ ନୁହେଁ, ମାତ୍ର ଦୟା ଓ ହୋମ ଅପେକ୍ଷା ପରମେଶ୍ୱର ବିଷୟକ ଜ୍ଞାନ ବାଞ୍ଛା କରୁ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଆମୋଷ 5:21-24 (IRV)

# ନ୍ୟାୟବିଚାର ଜଳରାଶି ତୁଲ୍ୟ ଓ ଧାର୍ମିକତା ପ୍ରବଳ ସ୍ରୋତ ତୁଲ୍ୟ ବହିଯାଉ

"ଆମ୍ଭେ ତୁମ୍ଭମାନଙ୍କର ପର୍ବସବୁ ଘୃଣା କରୁ, ଆମ୍ଭେ ତାହା ତୁଚ୍ଛଜ୍ଞାନ କରୁ, ଆମ୍ଭେ ତୁମ୍ଭମାନଙ୍କର ମହାସଭାରେ କିଛି ସନ୍ତୁଷ୍ଟ ହେବା ନାହିଁ। ହଁ, ତୁମ୍ଭେମାନେ ଆମ୍ଭ ନିକଟରେ ତୁମ୍ଭମାନଙ୍କର ହୋମବଳି ଓ ଭକ୍ଷ୍ୟ ନୈବେଦ୍ୟ ଉତ୍ସର୍ଗ କଲେ ମଧ୍ୟ ଆମ୍ଭେ ତାହା ଗ୍ରାହ୍ୟ କରିବା ନାହିଁ; କିଅବା ମଙ୍ଗଳାର୍ଥକ ବଳିରୂପ ତୁମ୍ଭମାନଙ୍କର ପୁଷ୍ଟ ପଶୁଗଣ ପ୍ରତି ଦୃଷ୍ଟି କରିବା ନାହିଁ। ତୁମ୍ଭେମାନେ ଆମ୍ଭ ନିକଟରୁ ତୁମ୍ଭମାନଙ୍କ ଗାୟନର କୋଳାହଳ ଦୂର କର; କାରଣ ଆମ୍ଭେ ତୁମ୍ଭମାନଙ୍କ ନେବଲ ଯନ୍ତ୍ରର ବାଦ୍ୟ ଶୁଣିବା ନାହିଁ। ମାତ୍ର ନ୍ୟାୟବିଚାର ଜଳରାଶି ତୁଲ୍ୟ ଓ ଧାର୍ମିକତା ପ୍ରବଳ ସ୍ରୋତ ତୁଲ୍ୟ ବହିଯାଉ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ସିଫନୀୟ 1:14-15; 3:17 (IRV)

# ଉଜାଡ଼ ଓ ସର୍ବନାଶର ଦିନ... ସଦାପ୍ରଭୁ ତୁମ୍ଭର ପରମେଶ୍ୱର ତୁମ୍ଭର ମଧ୍ୟବର୍ତ୍ତୀ ଅଟନ୍ତି, ସେ ବୀର, ଯେ କି ପରିତ୍ରାଣ କରିବେ... ସେ ଗାନ କରି ତୁମ୍ଭ ବିଷୟରେ ଉଲ୍ଲାସ କରିବେ



ସଦାପ୍ରଭୁଙ୍କର ମହାଦିନ ନିକଟବର୍ତ୍ତୀ, ତାହା ଅର୍ଥାତ୍, ସଦାପ୍ରଭୁଙ୍କର ଦିନର ଶବ୍ଦ ନିକଟବର୍ତ୍ତୀ ଓ ଅତି ଶୀଘ୍ର ଆସୁଅଛି; ବୀରପୁରୁଷ ସେହି ସ୍ଥାନରେ ଅତିଶୟ ରୋଦନ କରୁଅଛି। ସେହି ଦିନ କ୍ରୋଧର ଦିନ, ସଙ୍କଟ ଓ କ୍ଳେଶର ଦିନ, ଉଜାଡ଼ ଓ ସର୍ବନାଶର ଦିନ, ଅନ୍ଧକାର ଓ ଘୋର ତିମିରର ଦିନ, ମେଘ ଓ ନିବିଡ଼ ଅନ୍ଧକାରର ଦିନ, ... ସଦାପ୍ରଭୁ ତୁମ୍ଭର ପରମେଶ୍ୱର ତୁମ୍ଭର ମଧ୍ୟବର୍ତ୍ତୀ ଅଟନ୍ତି, ସେ ବୀର, ଯେ କି ପରିତ୍ରାଣ କରିବେ; ସେ ତୁମ୍ଭ ବିଷୟରେ ପରମ ଆନନ୍ଦ କରିବେ, ସେ ଆପଣା ସ୍ନେହଭରରେ ନୀରବ ହେବେ, ସେ ଗାନ କରି ତୁମ୍ଭ ବିଷୟରେ ଉଲ୍ଲାସ କରିବେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ହବକ୍କୂକ 3:16-19 (IRV)

# କ୍ଷେତ୍ର ଖାଦ୍ୟଦ୍ରବ୍ୟ ଉତ୍ପନ୍ନ ନ କରିବ... ମୁଁ ସଦାପ୍ରଭୁଙ୍କଠାରେ ଆନନ୍ଦ କରିବି। ମୁଁ ଆପଣା ତ୍ରାଣର ପରମେଶ୍ୱରଙ୍କଠାରେ ଉଲ୍ଲାସ କରିବି



ମୁଁ ଶୁଣିଲି ଓ ମୋʼ ଉଦର କମ୍ପିଲା, ସେହି ରବରେ ମୋର ଓଷ୍ଠାଧର ଥରଥର ହେଲା; ମୋʼ ଅସ୍ଥିସକଳରେ ପଚାଭାବ ପ୍ରବେଶ କଲା ଓ ମୁଁ ସ୍ୱ ସ୍ଥାନରେ କମ୍ପିତ ହେଲି; ତହିଁରେ ଯେଉଁମାନେ ସୈନ୍ୟଦଳ ଘେନି ତାହାକୁ ଆକ୍ରମଣ କରିବାକୁ ଆସିବେ, ସେହି ଲୋକମାନଙ୍କ ବିରୁଦ୍ଧରେ ଯେତେବେଳେ ଦିନ ଆସିବ, ସେତେବେଳେ ସେହି ସଙ୍କଟ ଦିନରେ ମୋତେ ବିଶ୍ରାମ କରିବାକୁ ହେବ। କାରଣ ଯଦ୍ୟପି ଡିମ୍ବିରିବୃକ୍ଷ ପୁଷ୍ପିତ ନୋହିବ, କିଅବା ଦ୍ରାକ୍ଷାଲତାରେ ଫଳ ନ ଧରିବ; ଜୀତବୃକ୍ଷ ଫଳ ନ ଫଳିବ ଓ କ୍ଷେତ୍ର ଖାଦ୍ୟଦ୍ରବ୍ୟ ଉତ୍ପନ୍ନ ନ କରିବ; ଖୁଆଡ଼ରୁ ମେଷପଲ ଉଚ୍ଛିନ୍ନ ହେବ, ଆଉ ଗୋଠରେ ଗୋରୁପଲ ନ ଥିବ; ତଥାପି ମୁଁ ସଦାପ୍ରଭୁଙ୍କଠାରେ ଆନନ୍ଦ କରିବି। ମୁଁ ଆପଣା ତ୍ରାଣର ପରମେଶ୍ୱରଙ୍କଠାରେ ଉଲ୍ଲାସ କରିବି। ପ୍ରଭୁ ସଦାପ୍ରଭୁ ମୋର ବଳ ସ୍ୱରୂପ ଓ ସେ ମୋର ଚରଣ ହରିଣୀର ଚରଣ ସଦୃଶ କରନ୍ତି, ପୁଣି ମୋର ଉଚ୍ଚସ୍ଥଳୀରେ ମୋତେ ଗମନ କରାଇବେ। ମୋର ତାରଯୁକ୍ତ ଯନ୍ତ୍ରରେ ପ୍ରଧାନ ବାଦ୍ୟକର ନିମନ୍ତେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*